୨୬ ବର୍ଷରେ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବରକାଗଜ

# ପର୍ଯ୍ୟବେକ୍ଷକ

PARYABEKHYAK पर्यवेक्षक

Vol.26 . No.148 Bhubaneswar Wednesday July 17 2024 | ୨୬ତମ ବର୍ଷ ସଂଖ୍ୟା–୧୪୮ ଭୁବନେଶ୍ୱର, ବୁଧବାର, ଜୁଲାଇ ୧୭, ୨୦୨୪ | (୮ ପୃଷ୍ଠା) | ମୂଲ୍ୟ–୧.୫୦ ₹ 1.50 | (Air Surcharge - 0.50P) | Member-INS



ଓଡ଼ିଆ ଦୈନିକ ପର୍ଯ୍ୟବେକ୍ଷକ ଓ ଇଂରାଜୀ ଦୈନିକ ଦି କଳିଙ୍ଗ କ୍ରୋନିକିଲର ମୁଖ୍ୟ ସମ୍ପାଦକ ଡକ୍ଟର ପବିତ୍ର ମୋହନ ସାମନ୍ତରାୟ ପ୍ରଦେଶ କଂଗ୍ରେସ କମିଟି ସଭାପତି ଶ୍ରୀ ଶରତ ପଟ୍ଟନାୟକଙ୍କୁ ଭୁବନେଶ୍ୱର କଳିଙ୍ଗନଗରସ୍ଥିତ ବାସଭବନରେ ପୁଷ୍ପଗୁଚ୍ଛ ଓ ଉପଢ଼ୌକନ ତଥା ରୌପ୍ୟଜୟନ୍ତୀ ସ୍ମାରକ ପ୍ରଦାନ କରି ସମ୍ବର୍ଦ୍ଧିତ କରିବା ଅବସରରେ...

## କାଲି ଶ୍ରୀଜିଉଙ୍କ ସୁନାବେଶ

ଭୁବନେଶ୍ୱର,୧୬।୭(ପି.ଏନ): ଆଡପ ମଣ୍ଡପରେ ଲୀଳା ଖେଳା ସାରି ଭାଇ ଭଉଣୀଙ୍କ ସହ ଏବେ ନୀଳକନ୍ଦର ମୁହାଁ ନୀଳାଚଳିଆ। ଆସନ୍ତାକାଲି ଆଷାଢ଼ ଶୁକ୍ଳ ଏକାଦଶୀରେ ବିଶ୍ୱନିୟନ୍ତାଙ୍କ ହେବ ସୁନାବେଶ। ମହଣ ମହଣ ଅଳଙ୍କାରରେ ବିଭୂଷିତ ହୋଇ ରଥ ଉପରେ ଦର୍ଶନ ଦେବେ ଚତୁର୍ଦ୍ଧା ମୂରତି। ମହାପ୍ରଭୁଙ୍କ ଏହି ଦୁର୍ଲଭ ବେଶ ଦର୍ଶନ ଲାଗି ପ୍ରାୟ ୧୫ ଲକ୍ଷ ଭକ୍ତଙ୍କ ସମାଗମ ହେବା ଆଶା କରାଯାଉଥିବାରୁ ସୁରକ୍ଷା ଓ ଟ୍ରାଫିକ୍ ବ୍ୟବସ୍ଥା ଉପରେ ଫୋକସ୍ କରିଛି ପୁଲିସ୍ ପ୍ରଶାସନ।ସକାଳୁ ୩ ରଥ ଉପରେ ନୈନ୍ଦିନ ନୀତିକାନ୍ତି ପରେ ଅପରାହ୍ନରେ ସ୍ୱର୍ଣ୍ଣ ଅଳଙ୍କାରରେ ବିଭୂଷିତ ହୋଇ ଦର୍ଶନ ଦେବେ ରଥାରୁ ୩ ଠାକୁର। ମହାପ୍ରଭୁଙ୍କ ସୁନା ବେଶରେ ବ୍ୟବହୃତ ଅଳଙ୍କାର ସବୁ ଗତ ୧୪ ତାରିଖରେ ଅସ୍ଥାୟୀ ବାହାର ରତ୍ନ ଭଣ୍ଡାରକୁ ସ୍ଥାନାନ୍ତର କରାଯାଇଛି। ତେଣୁ ସେଠାରୁ ହିଁ ଆସନ୍ତାକାଲି ଅଳଙ୍କାର ଆଣି ଶ୍ରୀଜିଉଙ୍କ ରାଜରାଜେଶ୍ୱର ବେଶ ସଂପନ୍ନ ହେବ।



## ଦଳୀୟ କର୍ମୀଙ୍କୁ ଚାପୁଡା ମାରିଲେ ଟିଏମସିର ମହିଳା କାଉନସିଲର



ଭୁବନେଶ୍ୱର,୧୬।୭(ପି.ଏନ): ବିବାଦରେ ପଶ୍ଚିମବଙ୍ଗର କ୍ଷମତାସୀନ ଟିମଏସିର ଜଣେ ମହିଳା କାଉନସିଲର। କୋଲକାତା ପୌର ନଗମ(କେଏମସି)ର ଜଣେ ମହିଳା କାଉନସିଲର ସର୍ବସମ୍ମୁଖରେ ଟିଏମସିର ଜଣେ ପୁରୁଷ କର୍ମୀଙ୍କୁ ଚାପୁଡା ମାରିଛନ୍ତି।ମାଡ ଖାଇଥିବା ଟିଏମସି କର୍ମୀ ଜଣଙ୍କ ଦଳର ଜଣେ ଯୁବ ସଭାପତି। ତାଙ୍କୁ ଚାପୁଡା ମାରିବା ବେଳର ଭିଡିଓ ଏବେ ସୋଶାଲ ମିଡିଆରେ ଭାଇରାଲ ହେବାରେ ଲାଗିଛି।

## ମା’ ସୁଭଦ୍ରାଙ୍କ ପୋଡ ପିଠା ଝାମ୍ପି ନେଇଗଲେ ଗୁଣ୍ଡା, ଭୋକରେ ରହିଲେ କାମ୍ପିଲ୍ୟ ବାସିନୀ !

ପୁରୀ,୧୬।୭(ପି.ଏନ): ମା’ ସୁଭଦ୍ରାଙ୍କ ପୋଡ ପିଠା ଝାମ୍ପି ନେଇଗଲେ ଗୁଣ୍ଡା । ମା’ ସୁଭଦ୍ରାଙ୍କ ପାଇଁ ଆସିଥିବା ପୋଡ ପିଠା ଭୋଗ ଲାଗିପାରିଲା ନାହିଁ । ଏ ଗୁଣ୍ଡା ସେବାୟତ ଜଣକ କିଏ ? ଯିଏ ମା’ ସୁଭଦ୍ରାଙ୍କ ପୋଡ ପିଠାକୁ ମାରା କରି ଝାମ୍ପି ନେଇଗଲା । ଏତେ ଗହଳିରେ ବି କାହାରିକୁ ଖାତିର କଲା ନାହିଁ । ଦେଖନ୍ତୁ, ଏହି ଗୁଣ୍ଡା ସେବାୟତ ଜଣକ କେମିତି ମା’ ସୁଭଦ୍ରାଙ୍କ ପୋଡ ପିଠାକୁ ଝାମ୍ପି ନେଇ ପଳାଉଛି । ମାଉସୀ ମା’ଙ୍କ ସେବାୟତ ପୋଡ ପିଠା ଭୋଗ ଲଗାଉଥିବା ବେଳେ ଘଟିଛି ଏମିତି ଘଟଣା ।ଭୋକରେ ରହିଛନ୍ତି କାମ୍ପିଲ୍ୟ ବାସିନୀ ମା’ ସୁଭଦ୍ରା । ମାଉସୀ ଘରେ ଖାଇ ପାରି ନାହାଁନ୍ତି ପୋଡ ପିଠା । ଘଟିଛି ପୁଣିଥରେ ମହା ବିଭ୍ରାଟ । ବର୍ଷ ବର୍ଷର ପରମ୍ପରାରେ ଲାଗିଛି ପୁଣିଥରେ ଆଘାତ । ତେବେ ଏଠି ସାଧାରଣରେ ପ୍ରଶ୍ନ, କାହିଁକି ଏପରି କଲେ ଏହି ସେବାୟତ । କିଏ ତାଙ୍କୁ ଦେଲା ସାହସ । ଶେଷରେ ମା’ ସୁଭଦ୍ରାଙ୍କୁ ମଧ୍ୟ ଛାଡିଲେ ନାହିଁ । ଗହଳି ଭିତରେ ଘଟାଇ ଚାଲିଥିଲେ ଗୁଣ୍ଡାରାଜ । ଭିଡି ଭାଡିକି ମା’ ସୁଭଦ୍ରାଙ୍କ ପୋଡ ପିଠାକୁ ଝାମ୍ପିନେଇ ଚାଲିଗଲେ । ମା’ ଖାଇ ପାରିଲେ ନାହିଁ ପୋଡ ପିଠା ।ଭୋକରେ ଭୋକରେ ସିଂହଦ୍ୱାରକୁ ଚାଲିଗଲେ । ଯାହାକୁ ନେଇ ମାଉସୀ ମା’ଙ୍କ ସେବାୟତ କୁମ୍ଭାରପଡା ଥାନାରେ ଅଭିଯୋ କରିଛନ୍ତି । ଅଭିଯୋଗ ମୁତାବିକ ମାଉସୀ ମା’ଙ୍କ ସେବକ ମା’ ସୁଭଦ୍ରାଙ୍କ ରଥ ଆଗରେ ପୋଡ ପିଠା ଧରି ଛିଡା ହୋଇଥିଲେ । ହେଲେ ଏତିକି ବେଳେ ବିଶ୍ୱନାଥ ମିଶ୍ରଙ୍କ ପ୍ରରୋଚନାରେ କିଛି ଗୁଣ୍ଡା ତାଙ୍କ ଉପରେ ଆକ୍ରମଣ କରିଥିଲେ । ହାତରୁ ପୋଡ ପିଠାକୁ ଛଡାଇ ନେବା ସହ ଧକା ମାରିଥିଲେ । ସମସ୍ତେ ଅଟାକାଇ ବାକୁ ଚେଷ୍ଟା କରିଥିଲେ ସୁଧା ଶୁଣି ନଥିଲେ । ଖାଲି ସେତିକି ନୁହେଁ ୨୦୨୨ରେ ମଧ୍ୟ ଏମିତି ଆକ୍ରମଣ କରିଥିଲେ ।

## ୧୮ରେ ଖୋଲାଯିବ ଭିତର ରତ୍ନଭଣ୍ଡାର, ଗୁରୁବାର ସାଧାରଣ ଭକ୍ତଙ୍କ ପାଇଁ ଶ୍ରୀମନ୍ଦିର ପ୍ରବେଶ ଉପରେ କଟକଣା

ପୁରୀ,୧୬।୭(ପି.ଏନ): ଆଜି ଶ୍ରୀମନ୍ଦିର କାର୍ଯ୍ୟାଳୟରେ ପୁଣି ଥରେ ରତ୍ନ ଭଣ୍ଡାର ଖୋଲାଯିବା ସମ୍ପର୍କିତ ଏକ ଜରୁରୀ ବୈଠକ ଅନୁଷ୍ଠିତ ହୋଇଥିଲା । ରାଜ୍ୟ ସରକାରଙ୍କ ଦ୍ୱାରା ଜାରି ମାର୍ଗଦର୍ଶିକା ଅନୁଯାୟୀ ୧୧ ଜଣିଆ କମିଟି ସଦସ୍ୟ ଉପସ୍ଥିତ ରହି ବିସ୍ତୃତ ଆଲୋଚନା କରିଥିବା ସୂଚନା ଦେଇଛନ୍ତି ଶ୍ରୀମନ୍ଦିର ମୁଖ୍ୟ ପ୍ରଶାସକ ଡା. ଅରବିନ୍ଦ ପାଢ଼ୀ । ଆସନ୍ତା ୧୮ ତାରିଖରେ ପୁଣି ଥରେ ଶ୍ରୀମନ୍ଦିର ରତ୍ନଭଣ୍ଡାର ଖୋଲାଯାଇ ଭିତର ଭଣ୍ଡାରରେ ଥିବା ଅଳଙ୍କାର ଆଦି ସ୍ଥାନାନ୍ତର କରାଯିବ ବୋଲି ରତ୍ନଭଣ୍ଡାର ତଦାରଖ କମିଟି ଅଧ୍ୟକ୍ଷ ଜଷ୍ଟିସ ବିଶ୍ୱନାଥ ରଥ ସୂଚନା ଦେଇଛନ୍ତି ।ରତ୍ନଭଣ୍ଡାର ତଦାରଖ କମିଟି ଅଧ୍ୟକ୍ଷ ଜଷ୍ଟିସ ବିଶ୍ୱନାଥ ରଥଙ୍କ ଅନୁଯାୟୀ ଗୁରୁବାର ଶୁଭ ସମୟ ସକାଳ ୯ଟା ୫୧ରୁ ୧୨ଟା ୧୫ ମଧ୍ୟରେ ଖୋଲାଯିବ ରତ୍ନଭଣ୍ଡାର । ଭିତର ଭଣ୍ଡାର ତାଲା ଖୋଲାଯାଇ ସିନ୍ଦୁକ ଏବଂ ଆଲମାରୀରେ ଥିବା ଅଳଙ୍କାର ସ୍ଥାନାନ୍ତର ହେବ । ସମସ୍ତ ସ୍ଥାନାନ୍ତର ପ୍ରକ୍ରିୟା ଭିଡିଓଗ୍ରାଫି କରାଯିବ । ଏହି ସବୁ ଅଳଙ୍କାର ଅସ୍ଥାୟୀ ରତ୍ନ ଭଣ୍ଡାର ‘ଖଟଶେଯ ଘର’କୁ ସ୍ଥାନାନ୍ତରଣ କରାଯିବ । ସ୍ଥାନାନ୍ତରଣ ପ୍ରକ୍ରିୟା ପରେ ଅସ୍ଥାୟୀ ରତ୍ନଭଣ୍ଡାର ତାଲା ସିଲ୍ କରାଯାଇ ଚାବି ଟ୍ରାଜେରୀରେ ରଖାଯିବ । ଅପରପକ୍ଷରେ ଗୁରୁବାର ଭକ୍ତଙ୍କ ପାଇଁ ଶ୍ରୀମନ୍ଦିର ପ୍ରବେଶ ଉପରେ କଟକଣା ରହିବ । ସକାଳ ୮ଟାରୁ ମନ୍ଦିର ଭିତରକୁ ସାଧାରଣ ଭକ୍ତଙ୍କ ପାଇଁ ପ୍ରବେଶ କଟକଣା ଲାଗୁ ହେବ ଏବଂ ସକାଳ ୯ଟା ପରେ କମିଟି ସଦସ୍ୟ ଶ୍ରୀମନ୍ଦିରକୁ ପ୍ରବେଶ କରିବେ । ଏନେଇ ସୂଚନା ଦେଇଛନ୍ତି ଜଷ୍ଟିସ ରଥ ଏବଂ ଶ୍ରୀମନ୍ଦିର ମୁଖ୍ୟ ପ୍ରଶାସକ ଅରବିନ୍ଦ ପାଢ଼ୀ ।

## ନୂଆ ସରକାରକୁ ମାସେ ବିତିଲା, ନିଯୁକ୍ତ ହେଲେନି ଆଡଭୋକେଟ୍ ଜେନେରାଲ



ଭୁବନେଶ୍ୱର,୧୬।୭(ପି.ଏନ): କିଏ ହେବେ ନୂଆ ସରକାରରେ ଆଡଭୋକେଟ୍ ଜେନେରାଲ ମୋହନ ସରକାରକୁ ମାସେ ବିତିଥିଲେ ବି ଏଜି ପଦବୀ ଏବେ ବି ଖାଲି। ଯାହାକୁ ନେଇ ପାୱାର କରିଡରରେ ଚର୍ଚ୍ଚା। ବିରୋଧୀ ଉଠାଇଲେ ପ୍ରଶ୍ନ। ଏପଟେ ସରକାରୀ ସ୍ତରରେ ଏନେଇ ଆରମ୍ଭ ହୋଇଛି କସରତ। ରେସରେ ଆଗରେ ଅଛନ୍ତି ବିଜେପି ନେତା ତଥା ବରିଷ୍ଠ ଆଇନଜୀବୀ ପୀତାମ୍ବର ଆଚାର୍ଯ୍ୟ। ନିର୍ବାଚନ ପୂର୍ବରୁ ପୀତାମ୍ବର ଦଳ ପାଇଁ ଅନେକ ପ୍ରସଙ୍ଗରେ ଆଇନଗତ ଲଢେଇ ଲଢି ବଳ ଯୋଗାଇଛନ୍ତି। ସେହିପରି ୨୦୧୯ରେ ବିଜେପି ଟିକଟରେ ହିଞ୍ଜିଳିରୁ ନବୀନ ପଟ୍ଟନାୟକଙ୍କ ବିରୋଧରେ ଲଢିଥିଲେ। ଅପରପକ୍ଷେ ଆଉଜଣେ ବରିଷ୍ଠ ଆଇନଜୀବୀ ମାନସ ମହାପାତ୍ରଙ୍କ ନାଁ ବି ଚର୍ଚ୍ଚାରେ। ସେହିପରି ଅନୁପ ବସୁଙ୍କ ନାଁ କୁ ନେଇ ବି ଚର୍ଚ୍ଚା ଜୋର ଧରିଛି। ତେବେ ଚୁଡାନ୍ତ ନିଷ୍ପତ୍ତି ମୁଖ୍ୟମନ୍ତ୍ରୀଙ୍କ ହାତରେ। ଅପରପକ୍ଷେ ବିଳମ୍ବିତ ପ୍ରକ୍ରିୟାକୁ ନେଇ ବିରୋଧୀ ବିଜେଡି ଶାସକ ଦଳକୁ କଡା ସମାଲୋଚନା କରିଥିବାବେଳେ ବିଜେପି କହିଛି ଠିକ୍ ସମୟରେ ନିଷ୍ପତ୍ତି ନିଆଯିବ।

## ଜାତୀୟ ରାଜପଥରେ କମିଶନରେଟ୍ ପୁଲିସ୍‌ର ‘ଅପରେସନ ବ୍ଲାକ ସ୍ମୋକ’

ଭୁବନେଶ୍ୱର,୧୬।୭(ପି.ଏନ):ଗଞ୍ଜେଇ ନେଇ କଳା ଧୂଆଁ ଛାଡି ଜାତୀୟ ରାଜପଥରେ ଦ୍ରୁତ ଗତିରେ ପଳାଉଥିବା ଏକ କାରକୁ ଭୁବନେଶ୍ୱର-କଟକ କମିଶନରେଟ୍ ପୁଲିସର ସ୍ୱ ?ଶାଳ କ୍ରାଇମ ୟୁନିଟ୍ ଧରିବା ସହିତ ୨ ଜଣଙ୍କୁ ଗିରଫ କରିଛି। ଗିରଫ ଅଭିଯୁକ୍ତ ଦ୍ୱୟ ହେଉଛନ୍ତି ସିପୁନ ବେହେରା (୩୧) ଓ ଅନନ୍ତ ଦିଗଲ (୩୨)। ସେମାନଙ୍କ ଘର କନ୍ଧମାଳ ଜିଲ୍ଲା ଖଜୁରୀପଡା ଥାନା ଗୁଡାରୀ ଗାଁରେ। ସେମାନଙ୍କଠାରୁ ଏକ କ୍ୱିଣ୍ଟାଲ ୧୨ କେଜି ଗଞ୍ଜେଇ, ଗୋଟିଏ ମାରୁତି ସିଆଜ୍ କାର ଓ ଦୁଇଟି ମୋବାଇଲ ଜବତ କରାଯାଇଛି।ଏକ ଧଳା ରଙ୍ଗର ମାରୁତି ସିଆଜ କାରରେ ଗଞ୍ଜେଇ ଚାଲାଣ ହେଉଥିବା ନେଇ କମିଶନରେଟ୍ ପୁଲିସର ସ୍ୱ ?ଶାଳ କ୍ରାଇମ ୟୁନିଟ୍ ବିଶ୍ୱସ୍ତ ସୂତ୍ରରୁ ଖବର ପାଇଥିଲା। କାରଟି ଫୁଲବାଣୀରୁ ଝାଡଖଣ୍ଡ ଯାଉଥିଲା। କାରଟି କଳା ଧୂଆଁ ଛାଡି ୧୫ ନମ୍ବର ଜାତୀୟ ରାଜପଥରେ ଯାଉଥିବା ନେଇ ସ୍ୱ ?ଶାଳ କ୍ରାଇମ ୟୁନିଟ୍ ସୂଚନା ପାଇଥିଲା।ଏହି ସୂଚନା ଆଧାରରେ କାରଟିକୁ ଧରିବାକୁ ‘ଅପରେସନ ବ୍ଲାକ ସ୍ମୋକ’ (ଅପରେସନ କଳା ଧୂଆଁ) ଆରମ୍ଭ କରିଥିଲା ସ୍ୱ ?ଶାଳ କ୍ରାଇମ ୟୁନିଟ୍। ଏଥିପାଇଁ ତିନିଟି ଟିମ୍ ଗଠନ କରାଯାଇଥିଲା। ଦୁଇଟି ଟିମ୍ ଗାଡିକୁ ଗୋଡାଇ ଧରିବା ଦାୟିତ୍ୱରେ ଥିବା ବେଳେ ଆଉ ଗୋଟିଏ ଟିମ୍ ?କୁ ଜାଆଁଳ ଫ୍ଲାଏ ଓଭରରେ ରାସ୍ତା ବନ୍ଦ କରିବାକୁ ଦାୟିତ୍ୱ ଦିଆଯାଇଥିଲା, ଯେମିତି ଖୋର୍ଦ୍ଧା ପଟରୁ ଆସୁଥିବା କୌଣସି ଗାଡି ଭୁବନେଶ୍ୱର ଆଡକୁ ଯାଇପାରିବେ ନାହିଁ।

## ୨୧ରୁ ମାଟ୍ରିକ୍ ସପ୍ଲିମେଣ୍ଟାରୀ, ବୋର୍ଡ ୱେବସାଇଟ୍‌ରେ ଉପଲବ୍ଧ ଆଡ୍‌ମିଟ୍ କାର୍ଡ

ଭୁବନେଶ୍ୱର,୧୬।୭(ପି.ଏନ): ଜୁଲାଇ ୨୧ରୁ ମାଟ୍ରିକ୍ ସପ୍ଲିମେଣ୍ଟାରୀ ପରୀକ୍ଷା ଆରମ୍ଭ ହେଉଥିବା ବେଳେ ବୋର୍ଡ ୱେବସାଇଟ୍‌ରେ ଆଡ୍‌ମିଟ୍ କାର୍ଡ ଉପଲବ୍ଧ କରାଯାଇଛି। ଆଜି ମାଧ୍ୟମିକ ଶିକ୍ଷା ପରିଷଦ ପକ୍ଷରୁ ପ୍ରେସ୍ ରିଲିଜ୍ ଜରିଆରେ ଏହି ସୂଚନା ଦିଆଯାଇଛି ।ଛାତ୍ରଛାତ୍ରୀମାନେ www.bseodisha.ac.inକୁ ଯାଇ ସେମାନଙ୍କ ଆଡ୍‌ମିଟ୍ କାର୍ଟ ଡାଉନ୍‌ଲୋଡ୍ କରିପାରିବେ। ଷ୍ଟେଟ ଓପନ ସ୍କୁଲ ସାର୍ଟିଫିକେଟ ପରୀକ୍ଷା (SOSC) ଦେବାକୁ ଥିବା ଛାତ୍ରଛାତ୍ରୀମାନେ ମଧ୍ୟ ଏଥିରୁ ସେମାନଙ୍କ ଆଡ୍‌ମିଟ୍ କାର୍ଡ ଡାଉନଲୋଡ୍ କରିପାରିବେ ।ଜୁଲାଇ



୨୧ରୁ ୩୧ ତାରିଖ ପର୍ଯ୍ୟନ୍ତ ମାଟ୍ରିକ ସପ୍ଲିମେଣ୍ଟାରୀ ଓ ୫ଙ୍ଗ୫ଉ ପରୀକ୍ଷା ଅନୁଷ୍ଠିତ ହେବ। ୯୭୨ ଜଣ ଛାତ୍ରଛାତ୍ରୀ ମାଟ୍ରିକ୍ ସପ୍ଲିମେଣ୍ଟାରୀ ପରୀକ୍ଷା ଦେବେ। ସେମାନଙ୍କ ପାଇଁ ରାଜ୍ୟର ବିଭିନ୍ନ ସ୍ଥାନରେ ୮୩ଟି ପରୀକ୍ଷା କେନ୍ଦ୍ର କରାଯାଇଛି ।ସେହିଭଳି ୫ଙ୍ଗ୫ଉ ପରୀକ୍ଷା ପାଇଁ ୧୨୧ଟି କେନ୍ଦ୍ର କରାଯାଇଛି। ଏହି କେନ୍ଦ୍ରଗୁଡିକରେ ମୋଟ ୨୪ ହଜାର ୫୨୦ ଜଣ ପରୀକ୍ଷା ଦେବେ।

## ରତ୍ନଭଣ୍ଡାର ଚାବିକୁ ନେଇ ଜଗନ୍ନାଥଙ୍କ ମୁଖ୍ୟ ବାଡଗ୍ରାହୀଙ୍କ ବିସ୍ଫୋରକ ବୟାନ

ଭୁବନେଶ୍ୱର,୧୬।୭(ପି.ଏନ):ଶ୍ରୀମନ୍ଦିର ରତ୍ନଭଣ୍ଡାର ଚାବି ହଜିବାକୁ ନେଇ ରହସ୍ୟ ରହିଛି। ତଦନ୍ତ ହେଲେ ସବୁ ସତ ଜଣାପଡିବ। ଆଜି ଏଭଳି ବିସ୍ଫୋରକ ବୟାନ ଦେଇଛନ୍ତି ଶ୍ରୀଜଗନ୍ନାଥଙ୍କ ମୁଖ୍ୟ ବାଡଗ୍ରାହୀ ଜଗନ୍ନାଥ ସ୍ୱାଇଁ ମହାପାତ୍ର। ଏହା ସହିତ ସେ ଏହି ପ୍ରସଙ୍ଗରେ ରାଜ୍ୟର ପୂର୍ବ ସରକାର ଓ ପୁରୀର ପୂର୍ବତନ ଜିଲ୍ଲାପାଳ ଅରବିନ୍ଦ ଅଗ୍ରୱାଲଙ୍କୁ ସମାଲୋଚନା କରିଛନ୍ତି। ସେ କହିଛନ୍ତି, ମହାପ୍ରଭୁ ଜଗନ୍ନାଥଙ୍କ ରତ୍ନଭଣ୍ଡାରର ଚାବି ହଜିଗଲା। ଯେଉଁ ଡୁପ୍ଲିକେଟ୍ ଚାବି ମିଳିଲା, ସେଥିରେ ତାଲା ଖୋଲିଲାନି। ଏ କ’ଣ ପିଲା ଖେଳ ଚାଲିଛି। ସାଢ଼େ ୪ କୋଟି ଓଡିଆ ଛି ଛି କରୁଛନ୍ତି। କେତେ ଦୁଃଖଦାୟକ ଏ ଘଟଣା। ଏଇଟା ଅସୁନ୍ଦର କଥା। ଏହା ଆଦୌ ଠିକ୍ ନୁହେଁ। ଯା ପଛରେ ଅଲଗା ରହସ୍ୟ ରହିଛି। ଦେଖନ୍ତୁ, ଆଗକୁ କେତେ ରହସ୍ୟ ଉନ୍ମୋଚିତ ହେବ। ରତ୍ନଭଣ୍ଡାରରେ କ’ଣ ଅଛି କି ନଅଛି ଆଗ ଦେଖନ୍ତୁ। ରତ୍ନଭଣ୍ଡାର ଖୋଲି ଯାଞ୍ଚ କଲା ପରେ ସବୁ ଜଣାପଡିବ। ବହୁ ଆଗରୁ ମୁଁ ରତ୍ନଭଣ୍ଡାର ଖୋଲିବା ନେଇ କହି ଆସିଥିଲି। କିନ୍ତୁ କେହି ଶୁଣିଲେନି। ପୂର୍ବ ସରକାର ଭାବିଥିଲେ ସେମାନେ ପୁଣି ସରକାର ଗଢ଼ିବେ ଓ ଯେମିତି ଡ୍ରାମା ଚାଲିଛି ତାହା ସେମିତି ଜାରି ରହିବ।ଯେଉଁ ଚାବି ନେଇ ରତ୍ନଭଣ୍ଡାରର ତାଲା ଖୋଲିବାକୁ ଚେଷ୍ଟା କରାଯାଇଥିଲା, ତାହା ସେହି ତାଲାର ନୁହେଁ। ଚାବିକୁ ଫିଙ୍ଗି ଦିଆଯାଇଛି। ପୂର୍ବରୁ ଜିଲ୍ଲାପାଳ ଥିବା ଅରବିନ୍ଦ ଅଗ୍ରୱାଲ ଏହି କାମ କରିଛନ୍ତି।



ସେ ଯେତେବେଳେ ଜିଲ୍ଲାପାଳ ଥିଲେ ସେତେବେଳେ ଚାବି ମିଳି ନଥିଲା। ଚାବି ହଜିଗଲା ବୋଲି ସେ କହିଥିଲେ। ପୁଣି କହିଲେ ଚାବି ଖାମ୍‌ରେ ପଳେଇ ଆସିଲା। କେତେବେଳେ କହିଲେ ଟ୍ରେଜେରୀରେ ଚାବି ଥିଲା। ଏମିତି ସବୁ କରି କଥାଟାକୁ ଗୋଳମାଳିଆ କରି ଦେଲେ। ସେଥିରେ ଆଉ କିଛି ବ୍ୟକ୍ତି ଓ ଅଫିସର ମଧ୍ୟ ସଂପୃକ୍ତ ଥିଲେ। ଯେହେତୁ ରତ୍ନଭଣ୍ଡାର ଭିତରେ କିଛି ଅସୁନ୍ଦର ଜିନିଷ ହୋଇଛି, ତେଣୁ ଚାବି ଫିଙ୍ଗି ଦିଆଯାଇଥିଲା। ତା’ ଭିତରେ କିଛି ନି କିଛି ଅଘଟଣ ନିଶ୍ଚୟ ଘଟିଛି। ଏହାର ତଦନ୍ତ ହେଉ। ତଦନ୍ତ ହେଲେ ସବୁ ଜଣାପଡିଯିବ ବୋଲି କହିଛନ୍ତି ଶ୍ରୀଜଗନ୍ନାଥଙ୍କ ମୁଖ୍ୟ ବାଡଗ୍ରାହୀ ଜଗନ୍ନାଥ ସ୍ୱାଇଁ ମହାପାତ୍ର। ରତ୍ନଭଣ୍ଡାର ଭିତରେ ଆହୁରି ଗୃହ ଥିବା କହିଛନ୍ତି ଶ୍ରୀଜଗନ୍ନାଥଙ୍କ ମୁଖ୍ୟ ବାଡଗ୍ରାହୀ ଜଗନ୍ନାଥ ସ୍ୱାଇଁ ମହାପାତ୍ର। ସେ କହିଛନ୍ତି, ରତ୍ନଭଣ୍ଡାର ଭିତରେ ଥିବା ସିନ୍ଦୁକ ଓ ଆଲମାରୀର ଚାବି ଅଛି ନା ନାହିଁ ଦେଖନ୍ତୁ। କ’ଣ ଜିନିଷ ଅଛି ବା ନଅଛି ତାହା ଦେଖାଯାଉ। ଗଣତି ମଣତି କରାଯାଉ। ଆହୁରି ବହୁତ ଘଟଣା ଘଟିବ। ତା’ ଭିତରେ ଆହୁରି ଗୃହ ଅଛି। ଯେତେବେଳେ ରଘୁନାଥ ବେଶ ହୋଇଥିଲା, ମହାପ୍ରଭୁ ଜଗନ୍ନାଥ ଶହ ଶହ ମହଣ ସୁନା ପିନ୍ଧିଥିଲେ। ତାହା ନିଶ୍ଚୟ ଥିବ। ସେଗୁଡିକ କ’ଣ ବାହାରେ ଥିବ ? ସେଗୁଡିକୁ ନିଶ୍ଚିତ ଅନ୍ୟ କୌଣସି ଗୃହରେ ଚାବି ପକାଯାଇ ରଖାଯାଇଥିବ। ୧୨୮ ବର୍ଷ ତଳେ ପ୍ରଭୁଙ୍କର ରଘୁନାଥ ବେଶ ହୋଇଥିଲା। ରାଜାମାନେ ଗୁପ୍ତ ଗୃହ ରଖିଥାଆନ୍ତି। ଗୁପ୍ତ ଗୃହରେ ଲୋକମାନେ ଦାନ କରିଥିବା ହୀରା, ନୀଳା, ମୋତିମାଣିକ୍ୟ ଆଦି ରହିଥାଏ। ଗୁପ୍ତ ଗୃହ ଅଛି। ଦେଖିବେ ରତ୍ନଭଣ୍ଡାରରୁ ନିଶ୍ଚିତ ଗୁପ୍ତ ଗୃହ ବାହାରିବ। ରତ୍ନଭଣ୍ଡାରରେ ଥିବା ସବୁ ଜିନିଷର ଗଣତି ମଣତି ହୋଇ ଲୋକଙ୍କୁ ତଥ୍ୟ ଦିଆଯାଉ। ସମସ୍ତେ ଏହାକୁ ଅପେକ୍ଷା କରିଛନ୍ତି। ସେହିପରି ରତ୍ନଭଣ୍ଡାରକୁ ଭଲ ଭାବେ ଯାଞ୍ଚ କରାଯାଇ, ତା’ର ସଂପୂର୍ଣ୍ଣ ମରାମତି କରାଯାଉ। ଅଧା କାମ କରା ନଯାଉ।

## ବେଳାମାର୍ଗରେ ବାଲି ଚୋରାଚାଲାଣ ଓ ତାଳ ଗଛ କଟା

କୋଣାର୍କ,୧୬।୭ (ପି,ଏନ) :ପୁରୀ କୋଣାର୍କ ମେରାଇନ ରାସ୍ତା ନିକଟ ଜଙ୍ଗଲରୁ ବାଲି ମାଫିଆ ମାନେ ରାତାରାତି ବାଲି ଚୋରା ଚାଲାଣ କରୁଥିବା ବେଳେ ନିକଟ ଥାନାର କର୍ମଚାରୀ ମାନେ ଚୁପ ରହିଥିବା ଦେଖିବାକୁ ମିଳୁଛି। ଗୋପ ତହସିଲ ଅନ୍ତର୍ଗତ ସୂତନ ଆରଆଇ ସର୍କଲରେ ଖାତା ନମ୍ବର୍ ୧୪୪ ପ୍ଲଟ ନମ୍ବର ୧୧୩୪ ରେ ଥିବା ପ୍ରାୟ ୫ଏକର ଜାଗାର ଏହି ସରକାରୀ ଜମିରୁ ବେଆଇନ୍ ଭାବେ ମୂଲ୍ୟବାନ ଗଛ କାଟି ନେଇଯିବା ସହିତ ଲକ୍ଷ ଲକ୍ଷ ଟଙ୍କାର ବାଲି ଚାଲାଣ ହେଉଛି। ଏଥିରେ ଚନ୍ଦ୍ରଭାଗା ମେରାଇନ ଥାନା ଅଧିକାରୀ ସହ ଥାନାର ଜଣେ ଡ୍ରାଇଭର ସାମିଲ ଥିବା ସ୍ଥାନୀୟ ବାସିନ୍ଦା ମାନେ ଅଭିଯୋଗ କରିଛନ୍ତି। ଗୋପ ତହସିଲଦାର, ସୂତନ ଆରଆଇ ସମେତ ଚନ୍ଦ୍ରଭାଗା ପୋଲିସ ବାଲି ମାଫିଆଙ୍କୁ ସହଯୋଗ କରୁଛନ୍ତି। ଏଥିସହିତ ସେଠାରେ ଥିବା ବହୁମୂଲ୍ୟ ତାଳ ଗଛ କାଟି ସଫା କରିବା ସହ ଅନ୍ୟାନ୍ୟ ମୂଲ୍ୟବାନ ବୃକ୍ଷ କାଟି ନେଉଛନ୍ତି। ରାଜ୍ୟ ସରକାରଙ୍କ ବନ ବିଭାଗର ତାଳ ଗଛ ନକାଟିବା ପାଇଁ କଡ଼ା ନିର୍ଦ୍ଦେଶ ଥିବା ସତ୍ତ୍ୱେ ବାଲି ମାଫିଆ ମାନେ ପୋଲିସ ପ୍ରଶାସନ ଓ ତହସିଲ ପ୍ରଶାସନ ସହଯୋଗରେ ଏପରି ଲୁଟ୍ କରୁଛନ୍ତି। ନିକଟ ଗ୍ରାମର (ଟିକନା)ଜଣେ ଯୁବକ ଥାନାର ଡ୍ରାଇଭର ଥିବାରୁ ସେ ମଧ୍ୟ ବାଲି ମାଫିଆ ମାନଙ୍କ ଠାରୁମୋଟା ଅଙ୍କରେ ଚାନ୍ଦା ନେବା ସହିତ ଉଚ୍ଚ ସ୍ତରିୟ ଅଫିସର୍ ଙ୍କ ନା କହି ସହଯୋଗ କରୁଥିବା ନେଇ ସ୍ଥାନୀୟ ଲୋକମାନେ ନିଜର ପରିଚୟ ଗୋପନ ରଖି ସୂଚନା ଦେଇଛନ୍ତି। ଥାନା ଅଧିକାରୀଣୀ








# ଟି ଟାଇମ୍

## ଦେବୀ ରାଧାଙ୍କ ଜନ୍ମ ରହସ୍ୟ

ବ୍ରହ୍ମବୈବର୍ତ୍ତ ପୁରାଣରେ ଦେବୀ ରାଧାଙ୍କ ଜନ୍ମ ରହସ୍ୟ କଥା ଉଲ୍ଲେଖ କରାଯାଇଛି । ଦେବୀ ରାଧା ଭଗବାନ୍ ଶ୍ରୀକୃଷ୍ଣଙ୍କ ସହ ଗୋଲକରେ ନିବାସ କରୁଥାନ୍ତି । ଥରେ ଗୋଲକରେ ଦେବୀ ସୀତା ନଥିଲେ । ଶ୍ରୀକୃଷ୍ଣ ବିରଜା ନାମକ ପତ୍ନୀଙ୍କ ସହ ବିବାହ କରୁଥିଲେ । କୃଷ୍ଣ ଓ ବିରଜାଙ୍କ ବିବାହର କଥା ରାଧାଙ୍କୁ ସୂଚନା ମିଳିବା ମାତ୍ରେ ସେ ଗୋଲକକୁ ଆସିଲେ । ସେ କୃଷ୍ଣ ଓ ବିରଜାଙ୍କୁ ଦେଖି ରାଗିଯାଇ ଶ୍ରୀକୃଷ୍ଣଙ୍କୁ ଅନେକ କଥା ଶୁଣାଇଲେ । ଯାହାଫଳରେ ଶ୍ରୀକୃଷ୍ଣଙ୍କ ମିତ୍ର ସୁଦାମାଙ୍କୁ କ୍ରୋଧ ଆସିଲା । ସେ କ୍ରୋଧିତ ହୋଇ ଦେବୀ ରାଧାଙ୍କୁ ଅପମାନ କଲେ । ଯାହାଫଳରେ ଦେବୀ ରାଧା ଓ ସୁଦାମା ପରସ୍ପରକୁ ଅଭିଶାପ ଦେଲେ । ସୁଦାମାଙ୍କ ଅଭିଶାପ କଥା ରାଧା ଶ୍ରୀକୃଷ୍ଣଙ୍କୁ କହିଥିଲେ । ଶ୍ରୀକୃଷ୍ଣ ଦେବୀ ରାଧାଙ୍କୁ କହିଥିଲେ ଯେ ପୃଥିବୀରେ ତୁମେ ଗୋକୁଳରେ ଦେବୀ କୀର୍ତ୍ତି ଏବଂ ବୃଷଭାନୁଙ୍କ କନ୍ୟାରୂପେ ଜନ୍ମଗ୍ରହଣ କରିବ। ସେଠାରେ ତୁମର ବିବାହ ରାୟାଣ ନାମକ ଏକ ବୈଶ୍ୟ ସହ ହେବ ଏବଂ ସାଂସାରିକ ଭାବେ ତୁମେ ରାୟାଣଙ୍କ ପତ୍ନୀ ବୋଲି କୁହାଯିବ । ରାୟାଣ ହେଉଛି ମୋର ଏକ ଅଂଶ । ରାଧା ରୂପରେ ତୁମର ମୋର ପ୍ରିୟା ହୋଇ ରହିବ ଏବଂ କିଛି ସମୟ ପାଇଁ ଆମ ମଧ୍ୟରେ ବିଚ୍ଛେଦ ହେବ। ସୁଦାମାଙ୍କ ଅଭିଶାପରେ ଗୋକୁଳରେ ଦେବୀ ରାଧା କୀର୍ତ୍ତି ଏବଂ ବୃଷଭାନୁଙ୍କୁ କନ୍ୟା ରୂପରେ ଜନ୍ମଗ୍ରହଣ କଲେ ।

## ଭାଇଜାନ୍‌ଙ୍କ ଚମକ



୫୧ ବର୍ଷରେ ପାଦ ଦେଇଛନ୍ତି ଦବଙ୍ଗ ଷ୍ଟାର୍ ସଲମନ୍ ଖାଁ। କନ୍ତୁ ସଲ୍ଲୁଙ୍କ କ୍ରେଜ୍ ଏବେବି କମିନି। ବୟସ ୫୧ ଛୁଇଁଲେ ବି ତାଙ୍କର ପ୍ରତିଟି ନୂଆ ଫିଲ୍ମ ଦର୍ଶକଙ୍କୁ ଦେଇଛି ନୂଆ ଟେଷ୍ଟା ଆଉ ବକ୍ସ ଅଫିସରେ କରିଛି ନୂଆ ରେକର୍ଡ। ବୟସ ସହିତ ତାଳଦେଇ ବଢ଼ିଚାଲିଛି ଦବଙ୍ଗ୍ ଷ୍ଟାରଙ୍କ କ୍ରେଜ୍। 'ବିବି ହୋ ୱୌସି'ରୁ କ୍ୟାରିଅର୍ ଆରମ୍ଭ କରିଥିବା ସଲ୍ଲୀ ମିଆଁ ବଲିଉଡିରେ ୨୫ରୁ ଅଧିକ ବର୍ଷ ବିତାଇ ସାରିଲେଣି। ଫ୍ଲପ୍ ହିଟର ଏକ୍ସପେରିମେଣ୍ଟ କରୁକରୁ ସଲମାନ୍ ବନି ଯାଇଛନ୍ତି ବଲିଉଡର ବ୍ୟାଙ୍କବେଲ୍ ଷ୍ଟାର। ଯାହାଙ୍କୁ ନେଇ ପ୍ରଡ୍ୟୁସର କେବେ ବି ଆଶଙ୍କା ସୃଷ୍ଟି କରନ୍ତି ନାହିଁ। କାରଣ ଲଗାତର୍ ସେ ଦେଇଚାଲିଛନ୍ତି ଗୋଟିଏ ପରେ ଗୋଟିଏ ବ୍ଲକ ବ୍ଲଷ୍ଟର ହିଟ୍। ଛୋଟ ପରଦାରେ ତାଙ୍କ ହୋଷ୍ଟିଂ ମଧ୍ୟ ଖୁବ୍ ହିଟ୍ ହୋଇଛି। ଚଳିତ ବର୍ଷ ଫ୍ୟାନଙ୍କୁ 'ବଜରଙ୍ଗୀ ଭାଇଜାନ୍' ଓ 'ପ୍ରେମରତନ ଧନ ପାୟୋ' ଭଳି ଦୁଇଟି ସୁପରହିଟ୍ ଫିଲ୍ମ ଭେଟି ଦେଇଛନ୍ତି ସଲମାନ୍। ଆସନ୍ତା ବର୍ଷ ରିଲିଜ୍ ହେବାକୁ ଥିବା ସୁଲତାନ କେବେ ପରଦାକୁ ଆସୁଛି ତାହାକୁ ହିଁ ଅପେକ୍ଷା।

## ଗୋରୁଙ୍କ ଫାଟୁଆ ରୋଗ ଚିକିତ୍ସା

ଦେଶର ବିଭିନ୍ନ ସ୍ଥାନରେ ଗୋରୁଗାଈଙ୍କୁ ନୃଶଂସ ଭାବେ ହତ୍ୟା କରାଯାଉଥିବା ବେଳେ ଏହାକୁ ନେଇ ବୁଦ୍ଧିଜୀବୀ ମହଲରେ ଉଦ୍‌ବେଗ ଓ ପ୍ରତିବାଦର ସ୍ୱର ଉତ୍ତୋଳିତ ହୋଇଛି । ଏଭଳି ପରିସ୍ଥିତିରେ ଦୁଇ ବିଦେଶୀ ନାଗରିକ କଷ୍ଟ ଲାଘବ ଗୋରୁଗାଈଙ୍କ ପାଇଁ ଜୋତା ତିଆରି କରବା ବାସ୍ତବରେ ଏକ ସ୍ୱାଗତଯୋଗ୍ୟ ପଦକ୍ଷେପ । ଘଟଣାଟି ହେଉଛି ଦୁଇ ବ୍ରିଟିଶ ଇନ୍‌ଭେଷ୍ଟର ନିଜ ବ୍ୟବସାୟକୁ ବିଶ୍ୱସ୍ତରରେ ପ୍ରସାର କରିବା ଉଦ୍ଦେଶ୍ୟରେ ଗୋରୁଗାଈଙ୍କ



ପାଇଁ ଜୋତା ତିଆରି କରୁଛନ୍ତ । ଯାହାଫଳରେ ଗୋରୁଗାଈଙ୍କୁ ଖୋରାଜନିତ ଯନ୍ତ୍ରଣାରୁ ଉପସମ ମିଳିବ । ୪୦ ବର୍ଷୀୟ ରୋବର୍ଟ ଟାଡ୍ ଓ ୪୩ ବର୍ଷୀୟ ମାଇକ ବ୍ରିମ୍ବଲ ମିଳିତଭାବେ ଏହି ଜୋତା ପ୍ରସ୍ତୁତ କରୁଛନ୍ତି । ଏହି ଜୋତାକୁ ୪୨ଟି ଦେଶରେ ବିକ୍ରି ପାଇଁ ଛଡ଼ାଯାଇଛି । ଏହି ଦେଶମାନଙ୍କ ମଧ୍ୟରେ ଅଷ୍ଟ୍ରେଲିଆ, କାନାଡ଼ା ଓ ୟୁଏସ୍‌ଏ ସାମିଲ ରହିଛି । ପ୍ରୋଜେକ୍ଟ ମ୍ୟାନେଜର ମାଇକ୍ କହନ୍ତି, ତାଙ୍କର ଏହି ନିଆରା ଉଦ୍ୟମକୁ କେତେକ ଦେଶରେ ବେଶ୍ ପ୍ରଶଂସା କରାଯାଇଛି । ବିଶେଷକରି ୟୁରୋପର ଏକ ପ୍ରାଣୀ ଚିକିତ୍ସାଳୟରୁ ମାଇକଙ୍କ ପାଖକୁ ଶୁଭେଚ୍ଛା ବାର୍ତ୍ତା ମଧ୍ୟ ଆସିଛି । ଆଉ କିଛି ବ୍ୟକ୍ତି ଏହି ଜୋତା ବ୍ୟବସାୟ ପାଇଁ ଆଗ୍ରହ ପ୍ରକାଶ କରି ଲାଇସେନ୍ସ ବାହାର କରିବାରେ ଲାଗିପଡ଼ିଛନ୍ତି । ମାଇକ ପେସାରେ ଜଣେ କୃଷକ । କୃଷିକ୍ଷେତ୍ରରେ କାମକରୁଥିବା ସମୟରେ ହଳକରୁଥିବା ଦୁଇ ବଳଦଙ୍କ ଖୋରାରୁ ରକ୍ତ ବାହାରୁଥିବା ଦେଖି ମାଇକ୍ ସେମାନଙ୍କ ପାଇଁ ଜୋତା ତିଆରି କରିବାର ପରିକଳ୍ପନା କରିଥିଲେ ଯାହାକୁ ସେ ଆଜି ବାସ୍ତବ ରୂପ ଦେଇଛନ୍ତି।

## ପୁରାଣ କାହାଣୀ

# ବିଶ୍ୱ ନିର୍ମାଣର ସ୍ରଷ୍ଟା 'ବିଶ୍ୱକର୍ମା'



ଦେବ ଶିଳ୍ପୀ ବିଶ୍ୱକର୍ମା ଏ ବିଶ୍ୱର ସମସ୍ତ ନିର୍ମାଣ କାର୍ଯ୍ୟର ସ୍ରଷ୍ଟା । ସେ ବ୍ରହ୍ମାଙ୍କ ନାଭି ମଣ୍ଡଳରୁ ଜାତ ବୋଲି ଧର୍ମ ଶାସ୍ତ୍ରମାନଙ୍କରେ ଉଲ୍ଲେଖ ରହିଛି । ସେ କଡ଼୍ୟା ସଂକ୍ରାନ୍ତି ଦିନ ମର୍ତ୍ତ୍ୟ ଲୋକରେ ଆବିର୍ଭୁତ ହୋଇଥିବାରୁ ସେହିଦିନ ମର୍ତ୍ତ୍ୟଲୋକର ସମସ୍ତ ଶିଳ୍ପୀକୂଳ ତାଙ୍କରି ପୂଜା ଏବଂ ଆରାଧନା କରି ଥାଆନ୍ତି ।

ବିଶ୍ୱକର୍ମା ବିଶ୍ୱର ବିଦ୍ଧାଣୀ । ସେ ବୈକୁଣ୍ଠବାସୀ ଓ ସର୍ବଗୁଣ ସମ୍ପନ୍ନ । ସର୍ବଶକ୍ତିମାନ, ସର୍ବନିୟନ୍ତା, ବାୟରୂପେ ସର୍ବବିଦ୍ୟମାନ, ବାସ୍ତୁବିଦ୍ୟାର ଦେବତା ଏବଂ ନିର୍ମାଣ କାର୍ଯ୍ୟର ଦଣ୍ଡଧାରୀ ଦେବତା । ବ୍ରହ୍ମବୈବର୍ତ୍ତ ପୁରାଣରେ ବ୍ରହ୍ମାଙ୍କ ନାଭିରୁ ଜାତ, ପୁରାଣରେ ସେ ଦେବ ଶିଳ୍ପୀ । ଏମିତି ଭିନ୍ନ ଭିନ୍ନ ନାମରେ ସେ ପରିଚିତ । ତାଙ୍କରି ହାତ ସ୍ପର୍ଶରେ କୁବେରଙ୍କର ଅଳକାପୁର, ଦ୍ୱାରକା ନଗର, ସ୍ୱର୍ଣ୍ଣଲଙ୍କା, କୃଷ୍ଣ ନିବାସ, ସେତୁ ବନ୍ଧ ନିର୍ମାଣ, ଇନ୍ଦ୍ରଭୁବନ, ଗୋଲକଧାମ, ସୁଦାମା ପୁରୀ, ମହାଲକ୍ଷ୍ମୀଙ୍କ ସମୁଦ୍ରକୁଳସ୍ଥ ମର୍ତ୍ତ୍ୟ ବୈକୁଣ୍ଠ, କଳାକାରଖାନା, ମଠ ମନ୍ଦିର, ମସଜିଦ, ଗାଡିମଟର, ଉହାଜାହାଜ, ଛପାଖାନା, ରେଳ ଗାଡି, ଟିଭି, ରେଡିଓ, କମ୍ପ୍ୟୁଟର ଆଦି ।ଆମ ଚାରିପଟେ ଦେଖୁଥିବା ତିନିପୁରର ସମସ୍ତ ନିର୍ମାଣ ମଣିଷ କିଛି କରେ ନାହିଁ । ମଣିଷ ଦେହରେ ବିଜେ ହୋଇ ସେ ହିଁ ସବୁ କରି ଥାଆନ୍ତି । ଅନେକଙ୍କ ମତରେ କୃଷି ଓ ବୃଷ୍ଟିର ଦେବତା ହେଉଛନ୍ତି ବିଶ୍ୱକର୍ମା । ବିଶ୍ୱକର୍ମା ଉଭୟ ବୈଦିକ ଓ ପୌରାଣିକ ଦେବତା । ଆଧୁନିକ ରୂପରେ ସେ ରୂପରେ ଗୌର । ହସ୍ତରେ ବିଭିନ୍ନ ମାନଦଣ୍ଡ, ଚାରି ଭୁଜା ବାମ ଉପର ହସ୍ତରେ ବଟାଳି, ନିମ୍ନହସ୍ତରେ ମାର୍ତୁଲ ବା ନିକିତି, ଦକ୍ଷିଣ ଉର ହସ୍ତରେ ଚକ୍ର ଧାରଣ କରି ପୂଜା ପାଉଛନ୍ତି । ଶ୍ୱେତ ବସ୍ତ୍ର ପରିଧାନ କରିବା ସହ କାନ୍ଧରେ ପଇତା ପକାଇ ଭକ୍ତଙ୍କୁ ଦର୍ଶନ ଦିଅନ୍ତି । ତେଣୁ ବିଭିନ୍ନ ଶିଳ୍ପ ସଂସ୍ଥାରେ ଏହି ବିଶ୍ୱକର୍ମାଙ୍କ ପୂଜା ଧୂମଧାମରେ ପାଳନ କରାଯାଏ ।

# ବିଲେଇ ଶାଳା

ଯଦି ଏହି ପୃଥିବୀରେ ବିଲେଇମାନଙ୍କ ପାଇଁ କେଉଁଠି ସ୍ୱର୍ଗଥାଏ ତେବେ ତାହା ହେଉଛି କାଲିଫର୍ଣ୍ଣିଆ। ଦି କ୍ୟାଟ୍ ହାଉସ୍ ଅନ୍ ଦି କିଙ୍ଗସ୍ ନାମରେ ପ୍ରସିଦ୍ଧ ଏକ ଘରେ ବର୍ତ୍ତମାନ ୭୦୦ ବିଲେଇ ବାସ କରନ୍ତି। ବିଲେଇମାନଙ୍କ ରହିବା ପାଇଁ ସେଠାରେ ୯ଟି ଭିନ୍ନ ଭିନ୍ନ ସ୍ଥାନ ତିଆରି କରାଯାଇଛି। ଏହାକୁ ବିଶ୍ୱର ସବୁଠାରୁ ବଡ ବିଲେଇ ଅଭ୍ୟାରଣ୍ୟ ବୋଲି କୁହାଯାଏ। ଏହି ଘରର ନିର୍ମାଣ ୧୯୯୨ରେ କରାଯାଇଥିଲା, ସେହିଦିନଠାରୁ ବର୍ତ୍ତମାନ ପର୍ଯ୍ୟନ୍ତ ପ୍ରାୟ ୨୪ ହଜାର ବିଲେଇଙ୍କୁ



ଏଠାରେ ପୋଷା ଯାଇସାରିଲାଣି। ଏହି ବିଲେଇ ଘରର ନିର୍ମାଣ ଲିନିୟା ଲତାଞ୍ଜିୟୋ କରିଥିଲେ। ଲିନିୟା କୁହନ୍ତି, ମୁଁ ଚାହୁଁନି ଯେ, କୌଣସି ବିଲେଇ ପିଞ୍ଜରାରେ କଏଦ୍ ହୋଇ ରୁହନ୍ତୁ। ସେମାନଙ୍କୁ ଖୁବ୍ ଜୋର୍‌ରେ ଦୌଡିବା ଏବଂ ଗଛ ଉପରେ ଚଢ଼ିବା ଅଧିକାର ଅଛି। ଏହି କାରଣ ଯୋଗୁଁ ମୁଁ ଏହି ଅଭ୍ୟାରଣ୍ୟର ନିର୍ମାଣ କରିଥିଲି। ସେ କୁହନ୍ତି ମୁଁ ପ୍ରତିଦିନ ଏଭଳି ବିଲେଇଙ୍କୁ ଖୋଜେ, ଯାହାକୁ ଲୋକେ ଛାଡି ଦେଇଥାଆନ୍ତି। ସେମାନଙ୍କୁ ମୁଁ ମୋର ଏହି ଘରକୁ ଆଣେ। ଏହି ବିଲେଇ ଅଭ୍ୟାରଣ୍ୟର ଫଟୋକୁ ଫଟୋଗ୍ରାଫର କ୍ରିଷ୍ଟିନା ଗେଣ୍ଡଲ୍ଲୋ ଉଠାଇଛନ୍ତି, ଯିଏକି ଲାସ୍ ଏଞ୍ଜୋଲିସ୍‌ରେ ବାସ କରନ୍ତି। ସେ କୁହନ୍ତି, ମୁଁ ଏହି ଫଟୋ ଜରିଆରେ ଲିନିୟା ଏବଂ ତାଙ୍କ ଦଳର ସଦସ୍ୟ କିଭଳି ପରିଶ୍ରମ କରୁଛନ୍ତି ତାହା ଜଣାଇବା ପାଇଁ ଚେଷ୍ଟା କରିଛି।

## ଫଟୋସପ୍‌ର କମାଲ୍

ଥିଓଡର। ତା'ବୟସ ମାତ୍ର ୧୦ ମାସ। ଏତେ କମ୍ ବୟସରେ ସେ ଚିତା ବାଘ ଉପରେ ବସି ମସ୍ତି କରେ ତ ଆଉ କେତେ ବେଳେ ହାତୀର ଶୁଣ୍ଢ ସହ ଖେଳେ। କେତେବେଳେ ଭାଲୁ ସହ ଶୋଇଯାଏ ତ ଆଉ କେତେବେଳେ ସିଲ୍ ମାଛ ସହ ତାଳରେ ତାଳ ମିଶାଇ ଗୀତ ଗାଏ। ଆପଣମାନେ ଭାବୁଥିବେ ଏତେ କମ୍ ବୟସ୍କ ଛୁଆଟି ଏଭଳି ଭୟାନକ ପଶୁଙ୍କ ସହ କିଭଳି ଖେଳିପାରେ। ପ୍ରକୃତରେ ଏହା ହେଉଛି ଫଟୋସପ୍‌ର କମାଲ୍। ଅଷ୍ଟ୍ରିୟାରେ ବାସ କରୁଥିବା ଡେନିଏଲା ବେବିକ୍ ନିଜ ଫଟୋଗ୍ରାଫିର ସଉକ୍‌କୁ ପୂରଣ କରିବା ପାଇଁ ଏକ୍ସପେରିମେଣ୍ଟ କରୁକରୁ ଏଭଳି ଫଟୋ ପ୍ରସ୍ତୁତ କରିଛନ୍ତି, ଯାହାକୁ ଦେଖି ଲୋକେ ଚକିତ ହୋଇଯିବେ। ସୂଚନା ଯୋଗ୍ୟ ଯେ, ଡେନିଏଲ୍‌ଙ୍କୁ ଫଟୋଗ୍ରାଫି ଏବଂ ଫଟୋସପ୍‌ରେ କାମ କରିବା ଦ୍ୱାରା ଆନନ୍ଦ ମିଳେ। ସେ ସର୍ବଦା କିଛି ନୂଆ କରିବାରେ ବିଶ୍ୱାସ କରନ୍ତି।

## ଦି ଇଣ୍ଟରଭ୍ୟୁ ଟାଇମ୍ସର ୮ମ ବାର୍ଷିକ ଉତ୍ସବ ପାଳିତ

ଭୁବନେଶ୍ୱର : ରାଜ୍ୟର ଅଗ୍ରଣୀ ମାସିକ ପତ୍ରିକା "ଦି ଇଣ୍ଟରଭ୍ୟୁ ଟାଇମ୍ସ"ର ୮ମ ବାର୍ଷିକ ଉତ୍ସବ ହୋଟେଲ୍ ସ୍ୱସ୍ତି ପ୍ରିମିୟମ୍, ଭୁବନେଶ୍ୱରଠାରେ ଅନୁଷ୍ଠିତ ହୋଇଯାଇଅଛି । "ଦି ଇଣ୍ଟରଭ୍ୟୁ ଟାଇମ୍ସ"ର ସମ୍ପାଦକ ଦିବ୍ୟଜିତ୍ ସାହୁଙ୍କ ସଭାପତିତ୍ୱରେ ଏହି କାର୍ଯ୍ୟକ୍ରମକୁ ରଣେନ୍ଦ୍ର ପ୍ରତାପ ସ୍ୱାଇଁ (ଖାଦ୍ୟ ଯୋଗାଣ ମନ୍ତ୍ରୀ), ଡଃ ଅରୁଣ କୁମାର ସାହୁ (କୃଷି ମନ୍ତ୍ରୀ) ଉଦ୍‌ଘାଟନ କରିଥିଲେ । ମୁଖ୍ୟଅତିଥି ଭାବେ ଜଷ୍ଟିସ୍ ମଦନ ମୋହନ ଦାସ (ବିଚାରପତି), ଶ୍ରୀଯୁକ୍ତ ତାରାରଂଜନ ପଟ୍ଟନାୟକ (ପ୍ରତିଷ୍ଠାତା-ଫାଲ୍‌କନ୍ ମେରାଇନ୍) ଏବଂ ରାକେଶ ମୋହନ (ବେଦାନ୍ତ ଲିମିଟେଡ୍) ଯୋଗ ଦେଇଥିଲେ । ଏହି ଅବସରରେ ଅତିଥିମାନେ "ଦି ଇଣ୍ଟରଭ୍ୟୁ ଟାଇମ୍ସ"ର ପ୍ରୟାସକୁ ସାଧୁବାଦ୍ ଜଣାଇବା ସହ ସଫଳତା କାମନା କରିଥିଲେ । ମଞ୍ଚସଭା ପରେ ପରେ ବିଭିନ୍ନ କ୍ଷେତ୍ରରେ ପାରଦର୍ଶିତା ଲାଭ କରିଥିବା ୨୦ଜଣ ବିଶିଷ୍ଟ ବ୍ୟକ୍ତିଙ୍କୁ "ଦି ଇଣ୍ଟରଭ୍ୟୁ ଟାଇମ୍ସ" ପରିବାର ତରଫରୁ ସମ୍ମାନଜନକ "ଶ୍ରେଷ୍ଠ-୨୦ ଓଡ଼ିଶାର ପ୍ରେରଣାଦାୟୀ ବ୍ୟକ୍ତି" ଭାବେ ସମ୍ବର୍ଦ୍ଧିତ କରାଯାଇଥିଲା । ଏହି କାର୍ଯ୍ୟକ୍ରମରେ "ଦି ଇଣ୍ଟରଭ୍ୟୁ ଟାଇମ୍ସ"ର ସ୍ୱତନ୍ତ୍ର ସଂଖ୍ୟା "ଭିଜନ୍ ଅଫ୍ ଓଡ଼ିଶା-୨୦୧୯" ଉନ୍ମୋଚିତ ହୋଇଥିଲା । ଏହି କାର୍ଯ୍ୟକ୍ରମରେ "ଦି ଇଣ୍ଟରଭ୍ୟୁ ଟାଇମ୍ସ"ର ମୁଖ୍ୟ କାର୍ଯ୍ୟନିର୍ବାହୀ ଅଧିକାରୀ ଦିଲୀପ କୁମାର ମହାନ୍ତି ଏବଂ ଉପଦେଷ୍ଟା ସୁଚିସ୍ମିତା ପୃଷ୍ଟି ଉପସ୍ଥିତ ଥିଲେ । ପରିଶେଷରେ ସହ-ସମ୍ପାଦକ ଶୁଭୋଜିତ୍ ପଣ୍ଡା ଧନ୍ୟବାଦ ଅର୍ପଣ କରିଥିଲେ ।

## ଏବେ ଇ-ଟୁଥବ୍ରସ୍

ଲୋକମାନଙ୍କର ବଞ୍ଚିବା ଷ୍ଟାଇଲ ଯଦି ସ୍ମାର୍ଟ, ସେମାନେ ବ୍ୟବହାର କରୁଥିବା ନିତ୍ୟ ବ୍ୟବହାର୍ଯ୍ୟ ସାମଗ୍ରୀ ଯେପରି ମୋବାଇଲ, କମ୍ପୁଟର ଆଦି ସ୍ମାର୍ଟ ତେବେ ଏଥିରୁ ଟୁଥବ୍ରସ୍ ବା କାହିଁକି ବାଦ ପଡ଼ିବ। ଟୁଥବ୍ରସ୍‌ର କେତେକ କମ୍ପାନୀ ଏବେ ଇ-ଟୁଥବ୍ରସ୍ ବନାଇବାକୁ ଯୋଜନା କରୁଛନ୍ତି। ଏହି ଇ-



ଟୁଥବ୍ରସ୍ ଆପଣଙ୍କ ଦାନ୍ତକୁ ସଫା କରିବା ସହିତ ନୋଟ୍ କରିଥାଏ କି ଆପଣଙ୍କର ଦାନ୍ତ କେତେ ସଫାସୁତୁରା ଅଛି। ସେହି ଡାଟାକୁ ଏକ ଖାସ୍ ଆପ ସାହାଯ୍ୟରେ ଆପଣଙ୍କର ସ୍ମାର୍ଟ ଫୋନ୍ ଓ ଆଇଫୋନ୍‌କୁ ପଠାଇଥାଏ। ଏହି ଆପ ସାହାଯ୍ୟରେ ଆପଣ ଜାଣି ପାରିବେ ଯେ ଆପଣଙ୍କର ବ୍ରସ୍ କରିବା ଷ୍ଟାଇଲରେ ଦାନ୍ତ ଠିକ୍ ଭାବେ ସଫା ହେଉଛି ନା ନାହିଁ ଓ ବ୍ରସ୍ କରିବା ଫଳରେ ଆପନଙ୍କ ଦାନ୍ତ ମାଢ଼ି ର କୌଣସି କ୍ଷତି ହେଉନାହିଁ ତ। ପ୍ରତିଦିନର ବ୍ରସ୍ କରିବା ପରେ ସେହି ବ୍ରସ୍ ଦାନ୍ତର ସୁସ୍ଥତା ଓ ଦାନ୍ତ ସଫା ହୋଇଛି ନା ନାହିଁ ନିୟମିତ ସୁଚନା ଦେଇଥାଏ। ଏହା ବ୍ୟତୀତ ଏହି ସ୍ମାର୍ଟ ଟୁଥବ୍ରସ୍ ଦାନ୍ତକୁ ସଠିକ୍ ଭାବେ ସଫା କରିବାର ପ୍ରକ୍ରିୟା ମଧ୍ୟ ବତାଇଦେବ।

## ଫିନାଇଲ ବ୍ୟବହାର କରୁଛନ୍ତି କି ?

ଫିନାଇଲିରେ ଏମିତି କିଛି ବିଷାକ୍ତ ପଦାର୍ଥ ମିଶିଛି ଯାହା ଆମ ଶରୀରରେ ସ୍ଲୋପଜଏଜ ଭଳି କାମ କରିଥାଏ। ବହୁ ଅଧ୍ୟୟନରୁ ଜଣାପଡିଛି ଯେ, ସଫା କରିବା ପାଇଁ ବ୍ୟବହୃତ ହେଉଥିବା ଫିନରାଇଲରେ ବହୁତ କ୍ଷତିକାର ତତ୍ତ୍ୱ ମିଶିକରି ରହିଥାଏ। ଫିନାଇଲିରେ ରହିଥାଏ ଶକ୍ତିଶାଳୀ ଫିନେଲ, ଯାହା ରୋଗାଣୁରୋଧକ ଏବଂ କୀଟାଣୁନାଶକ କାମ କରିଥାଏ। ଯେତେବେଳେ ଏହାକୁ ଲାଟିନ୍ କିମ୍ବା ବାଥରୁମ୍ ସଫାକରିବା ପାଇଁ ବ୍ୟବହାର କରାଯାଏ ତ ଏଥିରେ ଥିବା କେମିକାଲ ବହୁତ ସମୟ ଧରି ନିଶ୍ୱାସ ପ୍ରଶ୍ୱାସରେ ନେଲେ ବହୁ ଗୁରୁତ୍ୱପୂର୍ଣ୍ଣ ଅଙ୍ଗ ଯଥା ପେଟ, ଅନ୍ତ, ଲିଭର, କିଡନୀ ଏବଂ ହାର୍ଟକୁ କ୍ଷତି ପହଞ୍ଚାଇଥାଏ। ବେଳେ ବେଳେ ଏହାର ପରିମାଣ ଖୁବ ଭୟଙ୍କର ହୋଇଥାଏ। ସମୟ ପୂର୍ବରୁ ଯଦି ଏହାର ଚିକିତ୍ସା ନକରାଯାଏ ତ ସ୍ଥିତି ଗମ୍ଭୀର ହୋଇପାରେ। ଫିନାଇଲ ଆଖି ଏବଂ ତ୍ୱଚା ସଂସ୍ପର୍ଶରେ ଆସିଲେ ଜଳାପୋଡା ହେବା ସହ ଏହାର ଅଧିକ ବ୍ୟବହାର ଦୃଷ୍ଟିଶକ୍ତି ଚାଲିଯବାର ବହୁ ସମ୍ଭାବନା ରହିଛି। ଠିକ୍ ସେହିଭଳି ଏହା ନିଶ୍ୱାସ




ମାଧ୍ୟମରେ ଭିତରକୁ ଚାଲିଯାଏ ତ ନାକ, ଗଳା ଏବଂ ଫୁସ୍‌ଫୁସ୍‌ର ଭିତର ଅଂଶ ଜଳାପୋଡା ହୋଇପାରେ। ଫିନାଇଲକୁ ନେଇ ଆମର ମସ୍ତିକ୍କ ଖୁବ୍ ସମ୍ବେଦନଶୀଳ। ଫିନାଇଲ୍ ଦ୍ୱାରା ହୃଦଘାତ ଏବଂ କୋମାକୁ ଚାଲିଯିବାର ସମ୍ଭାବନା ରହିଛି।


## ଆଜିର ଭାଗ୍ୟ


ମେଷ


ସେବା ମନୋଭାବ ଯୋଗୁଁ କର୍ମକ୍ଷେତ୍ରରେ ସମ୍ମାନୀୟ ବ୍ୟକ୍ତି ବିଶେଷଙ୍କଠାରୁ ସାହାଯ୍ୟ ସହଯୋଗ ପାଇବେ। ବ୍ୟବସାୟ ଓ ନିର୍ମାଣ କ୍ଷେତ୍ରରେ ସମସ୍ୟର ସମାଧାନ ହେବ। ଶତ୍ରୁ ବୃଦ୍ଧି ହୋଇପରେ। ମହିଳାମାନେ ମାନସିକ ଚିନ୍ତାର ଶିକାର ହେବେ।


ବୃଷ


ନିଜ ଲୋକମାନେ ଇର୍ଷା ପରାୟଣ ହୋଇ ପରିସ୍ଥିତିକୁ ଭିନ୍ନ ରୂପ ଦେଲେ ମଧ୍ୟ ଆପଣ ନିଜର କଳା କୌଶଳ ପ୍ରୟୋଗ କରି ଜୟ ଯୁକ୍ତ ହେବେ। ଅର୍ଥ ସଂଗ୍ରହ କରିବାରେ ତତ୍ପରତା ପ୍ରକାଶ କରିବେ। ମହିଳାମାନେ ଅପମାନିତ ହୋଇପରନ୍ତି।


ମିଥୁନ

ସମସ୍ୟା ଉପରେ ସମସ୍ୟାର ସମାଧାନ କରି ବ୍ୟସ୍ତ ବିବ୍ରତ ହୋଇ ପଡିବେ। ସାଧାରଣ କଥାକୁ କେନ୍ଦ୍ର କରି ମନରେ ବିରକ୍ତି ଭାବ ସୃଷ୍ଟି ହୋଇପାରେ। ଆର୍ଥିକ ସ୍ୱଚ୍ଛଳତା ଓ ବନ୍ଧୁଙ୍କର ସାନ୍ନିଧ ଲାଭରୁ ଖୁସି ହେବେ।


କର୍କଟ

ପ୍ରତ୍ୟେକ କ୍ଷେତ୍ରରେ ସମସ୍ୟା ଆସିବାରୁ ମନ ଭାରାକ୍ରାନ୍ତ ରହିବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ସକାଶେ ଚିନ୍ତା କରିପାରନ୍ତି। ରାଜନୀତି କ୍ଷେତ୍ରରେ ପଦ ମର୍ଯ୍ୟାଦ ବୃଦ୍ଧି ପାଇବ। ଆଗାମୀ ମାଙ୍ଗଳିକ କାର୍ଯ୍ୟ ସକାଶେ ତତ୍ପରତା ପ୍ରକାଶ ପାଇବ।


ସିଂହ


ପ୍ରତ୍ୟେକ କ୍ଷେତ୍ରରେ ସଫଳତା ମିଳିବ। ସାମ୍ପତ୍ୟ ଜୀବନରେ ବୁଝାମଣା ନେଇ ତିକ୍ତତା ଦେଖା ଦେଇପାରେ। ନିର୍ମାଣ କ୍ଷେତ୍ରରେ ପ୍ରତିବନ୍ଧକ ସୃଷ୍ଟି ହୋଇପରେ। ଯେତେ ଭଲ କାମ କଲେ ମଧ୍ୟ ପ୍ରଶଂସା ବଦଳରେ ଅଭିଯୋଗ ପାଇବେ।


କନ୍ୟା

ପ୍ରତ୍ୟେକ କ୍ଷେତ୍ରରେ ଖର୍ଚ୍ଚାନ୍ତ ହୋଇ ଆଶା ପୂରଣ କରିବେ। କର୍ମକ୍ଷେତ୍ରରେ ସଙ୍କଟର ସମ୍ମୁଖୀନ ହେଲେ ମଧ୍ୟ କାର୍ଯ୍ୟକ୍ଷେତ୍ରରେ ସଫଳତା ହାସଲ କରିବେ। ଆନୁଷ୍ଠାନିକ କାମରେ ମହିଳାମାନେ ସମସ୍ୟାର ଦୃଢ଼ ମୁକାବିଲା କରିବେ।


ତୁଳା

ସ୍ତ୍ରୀଙ୍କର ପ୍ରେରଣା ଓ ସହଯୋଗରୁ ଉପକୃତ ହେବେ। କର୍ମକ୍ଷେତ୍ରରେ ଅତ୍ୟଧିକ ଖର୍ଚ୍ଚ କରିବାକୁବାଧ ହେବେ। ଆଶା କରୁଥିବା ଦିଗରୁ ଶୁଭ ଖବର ପାଇବେ। ମୋଟା ଅଙ୍କର ଅର୍ଥ ଖର୍ଚ୍ଚ କରି ସ୍ଥଗିତ କାମକୁ ତ୍ୱରାନିତ୍ୱ କରିବେ।


ବିଛା

ଚୁରତାର ସହ ବନ୍ଧୁଙ୍କ ମନରେ ବିଶ୍ୱାସ ଜନ୍ମାଇ କର୍ଯ୍ୟ ହାସଲ କରିବାରେ ସମର୍ଥ ହେବେ। ମାଙ୍ଗଳିକ କାର୍ଯ୍ୟ ସକାଶେ ଆଲୋଚନାରେ ବ୍ୟସ୍ତ ରହିବେ। ମନୋରଞ୍ଜନ କାର୍ଯ୍ୟକ୍ରମରେ ନିଜକୁ ନିୟୋଜିତ କରି ସାମୟିକ ଆନନ୍ଦ ପ୍ରାପ୍ତ କରିବେ।


ଧନୁ

ପାରିବାରିକ ଅସ୍ଥିରତା ଲାଗି ରହିଥିଲେ ମଧ୍ୟ ପ୍ରତିକୂଳ ପରିସ୍ଥିତିର ଚାପ କ୍ରମଶଃ କମ୍ ହେବ। ବନ୍ଧୁମାନଙ୍କ ଦ୍ୱାରା ସମସ୍ୟାର ସରଳ ସମାଧାନ ହେବ। ରାଜନୀତିକ ସ୍ତରରେ ଉନ୍ନତି କରିବେ। ମହିଳାମାନେ ପରିବାରର କଥାକୁ ଚିନ୍ତା କରି ଅସ୍ଥିର ହେବେ।


ମକର

କର୍ମକ୍ଷେତ୍ରରେ ଧୀରେ ସୁସ୍ଥେ ଗତି କରିବେ। ବ୍ୟବସାୟକୁ ଆଗକୁ ବଢ଼ାଇବା ପାଇଁ ପଦକ୍ଷେପ ଗ୍ରହଣ କରିବେ। ନିଜ ଦୋଷରୁ ନିଜ ପାଇଁ ଅସୁବିଧା ସୃଷ୍ଟି କରିବେ। ମହିଳାମାନେ ଗଠନ ମୂଳକ ପରାମର୍ଶ ପାଇ ଖୁସି ହେବେ।


କୁମ୍ଭ

ସନ୍ତାନମାନଙ୍କ ସ୍ୱାସ୍ଥ୍ୟ ଓ ସ୍ୱଭାବ ଯୋଗୁଁ ବିଚଳିତ ରହିବେ। ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କର ସାହାଯ୍ୟ ଲୋଡିବେ। ବ୍ୟବସାୟ କ୍ଷେତ୍ରରେ ଆଶାନୁରୂପକ ଲାଭବାନ ହେବେ। ମହିଳାମାନଙ୍କର ସ୍ୱାସ୍ଥ୍ୟହାନୀ ଘଟିପାରେ।


ମୀନ

ଦୁଃସାହସିକ ପଦକ୍ଷେପ ନେଇ କର୍ମକ୍ଷେତ୍ରରେ ପ୍ରଶଂସିତ ହେବେ। ମଜଳିଆ କଥା କହି ବନ୍ଧୁଙ୍କୁ ଆକର୍ଷିତ କରିବେ। କେତେକ କ୍ଷେତ୍ରରେ ଚାପରୁ ସମ୍ମୁଖୀନ ହୋଇପାରନ୍ତି। ସନ୍ତାନଙ୍କ ପାଇଁ ଗୌରାବାନିତ୍ୱ ମନେ କରିବେ।




# ଶିଶୁ ଶ୍ରମିକ: ସଭିଏଁ ପଢ଼ନ୍ତୁ, ସଭିଏଁ ବଢ଼ନ୍ତୁ !

୧୯୮୬ ନଭେମ୍ବର ୨୦ ତାରିଖରେ ଜାତିସଂଘର ସାଧାରଣ ବୈଠକରେ ଶିଶୁଙ୍କର ୪ଟି ଅଧିକାର ସଂକ୍ରାନ୍ତରେ ବିଶଦ ଭାବରେ ଆଲୋଚନା କରାଯାଇଥିଲା। ଏହାର ପ୍ରଥମ ଧାରାରେ କୁହାଯାଇଛିଯେ ୧୮ବର୍ଷରୁ କମ୍ ବୟସ୍କ ବ୍ୟକ୍ତିହିଁ ଶିଶୁ। ଶିଶୁର ଅଧିକାରରେ ରହିଛି : (୧) ବଂଚିବାର ଅଧିକାର, (୨) ସୁରକ୍ଷା ବା ନିରାପତ୍ତାର ଅଧିକାର (୩) ସୁଶିକ୍ଷା ଅଧିକାର, (୪) ନିଜର ମତବ୍ୟକ୍ତ କରିବାର ଅଧିକାର। ଏହା ଫଳରେ ଶିଶୁଟି ସମସ୍ତ ଶୋଷଣ, ଯନ୍ତ୍ରଣା, ଭର୍ତ୍ସନା, ତା'ପ୍ରତି ଅସଦ୍‌ବ୍ୟବହାର ଇତ୍ୟାଦିରୁ ମୁକ୍ତି ପାଇପାରିବ। ଅନ୍ୟପକ୍ଷରେ ଏକ ନିଶ୍ଚିନ୍ତ ଓ ନିଶ୍ଚିତ ନିରାପତ୍ତା ଜୀବନଯାପନ ସହିତ ସୁସ୍ଥ ଏବଂ ସବଳ ଜୀବନ ସହିତ ସୁଶିକ୍ଷା ପାଇପାରିବ।

ଶିଶୁର ଏହି ଅଧିକାରକୁ ଆହୁରି ସୁଗମ, ସ୍ୱଚ୍ଛଳ ଓ ପିଛିଳ ପାଇଁ ଆମ ସରକାର ୨୦୧୦ ମସିହା ଏପ୍ରିଲ ୧ଠାରୁ ୬ରୁ ୧୪ବର୍ଷ ଯାଏଁ ଶିଶୁମାନଙ୍କୁ ବାଧ୍ୟତାମୂଳକ ଶିକ୍ଷାର ବ୍ୟବସ୍ଥା କରିଛନ୍ତି। ଫଳରେ ସେମାନେ ବିଦ୍ୟାଳୟ ଯିବେ। ଶିଶୁ ଶ୍ରମିକ ପ୍ରଥାରୁ ମୁକ୍ତି ପାଇବେ। ଏଥିପାଇଁ ସର୍ବଶିକ୍ଷା ଅଭିଯାନ ଆମ ଦୁଆର ଉଭା ହୋଇଛି।

'ସଭିଏଁ ପଢ଼ନ୍ତୁ, ସଭିଏଁ ବଢ଼ନ୍ତୁ' ହେଉଛି ସର୍ବଶିକ୍ଷା ଅଭିଯାନର ମୁଖ୍ୟ ଲକ୍ଷ୍ୟ। ଏହାରମାନେ ଏହି ଯେ ୬-୧୪ବର୍ଷ ଶିଶୁମାନେ ନିଶ୍ଚିତ ଭାବେ ବିଦ୍ୟାଳୟକୁ ଯିବେ; ସେଠି ମାଗଣାରେ ୧୪ବର୍ଷ ଯାଏଁ ପଢ଼ିବେ ଏବଂ ସ୍ୱାସ୍ଥ୍ୟକର ପରିବେଶର ନିରୋଗଭାବେ ବଢ଼ିବେ। ଅର୍ଥାତ୍ ପୂର୍ବପରି ଏମାନେ ଶିଶୁଶ୍ରମିକ ଭାବେ ଖଟିବେ



ନାହିଁ। ମୋଟ ଉପରେ ଶିଶୁ ଶ୍ରମିକ ପ୍ରଥା ସଂପୂର୍ଣ୍ଣ ଉଚ୍ଛେଦହେବ। ଉତ୍ତମ ନାଗରିକ ଭାବେ ନିଜକୁ ଗଢ଼ିବାକୁ ହେଲେ ପ୍ରଥମେ ନିଜକୁ ଶିକ୍ଷିତ କରାଇବାକୁ ହେବ। ଏମାନଙ୍କୁ ୬-୧୪ର୍ଷ ମଧ୍ୟରେ ଶ୍ରମ ବା ଅର୍ଥନୈତିକ ସମସ୍ୟା ସହିତ ଜଡ଼ିତ ରଖାଯିବ ନାହିଁ।

ଶିଶୁମାନଙ୍କୁ ଶ୍ରମ ମୁକ୍ତ ରଖିବାପାଇଁ ଶିଶୁ ଶ୍ରମିକ ଆଇନ ରହିଛି। ୧୯୮୬ ଶିଶୁ ଶ୍ରମିକ ଆଇନ ଅନୁସାରେ ୧୩ଟି ବିପଜ୍ଜନକ ସଂସ୍ଥା ଓ ୫୭ଟି ବିପଦପୂର୍ଣ୍ଣ ସଂସ୍ଥାରେ ୧୪ବର୍ଷରୁ କମ୍ ବୟସର ପିଲାଙ୍କୁ ନିଯୁକ୍ତି ନିଷେଧ କରାଯାଇଛି। ଏମାନଙ୍କ ଭିତରେ ଅଛି ଅଟୋ ମୋବାଇଲ ୱାର୍କସପ୍, ଗ୍ୟାରେଜ, ଫାଉଣ୍ଡ୍ରି, ବିସ୍ଫୋରକ ସାମଗ୍ରୀ ପ୍ରସ୍ତୁତି, ତନ୍ତଶିଳ୍ପ, ଖଣି ଖାଦାନ, ପ୍ଲାଷ୍ଟିକ ବା ଫାଇବର କାରଖାନା ଇତ୍ୟାଦି। ଅନ୍ୟାନ୍ୟ ପ୍ରକ୍ରିୟା ଭିତରେ ଅଛି ବିଡ଼ି ବା ଅଗରବତୀ ତିଆରି, ଗାଲିଚା ବୁଣିବା, ମଣି କାଟିବା,



ପଲିସି , ତାଲା ତିଆରି, ଚୁଡ଼ି ପ୍ରସ୍ତୁତି ଓ ଜରି ତିଆରି ଇତ୍ୟାଦି ଅନ୍ତର୍ଭୁକ୍ତ। ଏବେ ସମସ୍ତଙ୍କ ପାଇଁ ଶିକ୍ଷାଯୋଜନାରେ ପ୍ରବର୍ତ୍ତିତ ସର୍ବଶିକ୍ଷା ଅଭିଯାନ ଶିଶୁମାନଙ୍କର ସାକ୍ଷରତା ହାର ବୃଦ୍ଧି କରିବାରେ ସହାୟକ ହେଉଛି। ଶିଶୁ ଶ୍ରମିକଙ୍କ ହାର ହ୍ରାସ କରିବାରେ ବିଦ୍ୟାଳୟ ମାନଙ୍କରେ ମାଗଣା ମଧ୍ୟାହ୍ନ ଭୋଜନ ବ୍ୟବସ୍ଥା, ମାଗଣା ଶିକ୍ଷା ଓ ପୋଷାକ ତଥା ସାଇକେଲ ଇତ୍ୟାଦି ସହାୟତା ବେଶ ଉତ୍କଣ୍ଠା ସୃଷ୍ଟି କରିଛି। ଯେଉଁ କ୍ଷେତ୍ରରେ ଶିଶୁଟିଏ ଶିକ୍ଷା ବିନିମୟରେ ଶ୍ରମ କରି ଅର୍ଥ ଉପାର୍ଜନ କରୁଛି, ସେତ ଅଣ କୁଶଳୀ ହୋଇ ରହୁଛି, ଅପରନ୍ତୁ ବିପଜ୍ଜନକ ଓ ବିପଦପୂର୍ଣ୍ଣ କାର୍ଯ୍ୟରେ ନିୟୋଜନ ହେତୁ ବେଳେବେଳେ ମୃତ୍ୟୁ ମୁଖରେ ପଡୁଛି ଅଥବା ଦୁର୍ଘଟଣା କାରଣରୁ ସବୁଦିନ ପାଇଁ ପଙ୍ଗୁ ଅଥବା ବିକଳାଙ୍ଗ ସାଜି ବେକାର ହୋଇ ଭିକାରୀ ଜୀବନ ଯାପନ କରୁଛି। ଏଥିରୁ ନିବୃତ୍ତି ରଖି ଶିଶୁମାନଙ୍କୁ ଉନ୍ନତ ଭାବରେ ଗଢ଼ିବାରେ ଏବେକାର ସରକାର ଶିକ୍ଷା, ସ୍ୱାସ୍ଥ୍ୟ, ନିରାପତ୍ତା ଏବଂ ପୁଷ୍ଟିସାଧନ ଆଜି ସୁବିଧା ଓ ସୁଯୋଗମାନ ଯୋଗାଇ ଚାଲିଛନ୍ତି।

ଶିଶୁ ଶ୍ରମିକ ପ୍ରଥା ଉଚ୍ଛେଦପାଇଁ ବ୍ୟବସ୍ଥାମାନ ଏବେ ଗ୍ରହଣ କରାଯାଉଛି। ସେଥିପାଇଁ ଶିକ୍ଷା, ଷ୍ଟାଇପେଣ୍ଡ, ପ୍ରୋତ୍ସାହନ, ପ୍ରେରଣା, ସ୍ୱାସ୍ଥ୍ୟ ଓ ଧନ୍ଦାମୂଳକ କାର୍ଯ୍ୟକ୍ରମକୁ ହାତକୁ



ନିଆଯାଇଛି। ଜାତୀୟ ଶିଶୁ ଶ୍ରମିକ ପ୍ରକଳ୍ପ ଅନୁଯାୟୀ ନିୟୋଜିତ ଶିଶୁମାନଙ୍କୁ ତାଙ୍କ କର୍ମସଂସ୍ଥାନରୁ ଫେରାଇଆଣି ସର୍ବଶିକ୍ଷା ଅଭିଯାନ ଅନ୍ତର୍ଭୁକ୍ତ କରାଯାଉଛି। ସେମାନଙ୍କ ଶାରୀରିକ ଯଥାର୍ଥ ବୃଦ୍ଧି ସାଧନ ପାଇଁ ପୁଷ୍ଟିକର ଖାଦ୍ୟ ଯୋଗାଇ ଦିଆଯାଉଛି। ବିଭିନ୍ନ ସ୍ଥାନରେ ଆବଶ୍ୟକତାକୁ ନେଇ ସ୍ୱତନ୍ତ୍ର ବିଦ୍ୟାଳୟ ମଧ୍ୟ ସ୍ଥାପନ ହେଉଛି। ଏହାସତ୍ତ୍ୱେ ଯଦି କୌଣସି ଶିଶୁ ନିୟୋଜନ ଥାଆନ୍ତି ସେଠି ପିତାମାତାଙ୍କୁ ପ୍ରବର୍ତ୍ତାଇବାକୁ ପଦକ୍ଷେପ ନିଆଯାଉଛି ଏବଂ ଶିଶୁଶ୍ରମିକ ନିୟୋଜନ କାରୀଙ୍କୁ ଉପଯୁକ୍ତ ଦଣ୍ଡବିଧାନ କରାଯାଉଛି। ସର୍ବଶିକ୍ଷା କାର୍ଯ୍ୟକ୍ରମ ଅନୁଯାୟୀ ଅଧୁନା ୬-୧୪ବର୍ଷ ଶିଶୁମାନଙ୍କୁ ବିଦ୍ୟାଳୟକୁ ଆଣି



ଶିକ୍ଷାଦେବାର ବ୍ୟବସ୍ଥା ତ୍ୱରାନ୍ୱିତ କରାଯାଉଛି।

ଏସବୁ ସତ୍ତ୍ୱେ ଭାରତରେ ଓଡ଼ିଶାରେ ଶିଶୁ ଶ୍ରମିକ ସଂଖ୍ୟା ସର୍ବାଧିକ। ୨୦୦୩ର ଏକ ସର୍ବେକ୍ଷଣରୁ ଜଣାପଡ଼ିଛି ଯେ ସେତେବେଳେ ଗଞ୍ଜାମରେ ଏହାଥିଲା ୬୫,୮୭୮ କେବଳ। ତା'ତଳକୁ ଥିଲା ମୟୁରଭଞ୍ଜ ୬୦,୪୨୪ ଶିଶୁଶ୍ରମିକ। ଏହି କ୍ରମରେ ଏବେବି ସୁନ୍ଦରଗଡ଼, କଟକ, ସମ୍ବଲପୁର, କେନ୍ଦ୍ରାପଡ଼ା, ଭଦ୍ରକ, ଅନୁଗୁଳ... ଇତ୍ୟାଦି ଅଛନ୍ତି।

ଓଡ଼ିଶାରେ ଗ୍ରାମାଞ୍ଚଳରେ ଅଧିକାଂଶ ଶିଶୁ ଶ୍ରମିକ ଚାଷ କାର୍ଯ୍ୟ, ଘରୋଇ ସେବା, ଜଙ୍ଗଲଜାତ ଦ୍ରବ୍ୟ ସଂଗ୍ରହ କରୁଥିବା ବେଳେ ସହରମାନଙ୍କରେ ହୋଟେଲ, ଗ୍ୟାରେଜ, ଜୋତା ପଲିସ୍, ଦରଜୀ ଦୋକାନ, କାଚ ଗୋଦାମ, ମାଛ ଗୋଦାମ, ତେଜରାତି



ଦୋକାନ ଏବଂ ଘରୋଇ ସେବାରେ ନିୟୋଜିତ ଅଛନ୍ତି। ଏତଦ୍‌ଭିନ୍ନ ବିଡ଼ି ତିଆରି, ଅଗରବତୀ ପ୍ରସ୍ତୁତି, କୋଇଲା ଓ ଲୁହାପଥର ସଂଗ୍ରହ, କବାଡ଼ି ଜିନିଷ ସଂଗ୍ରହ ଇତ୍ୟାଦିରେ ଶିଶୁମାନଙ୍କୁ ନିୟୋଜନ କରାଯାଉଛି। ଏହା ପ୍ରତ୍ୟେକ୍ଷ ବା ପରୋକ୍ଷ ଭାବରେ ଶିଶୁଶ୍ରମିକ ଓ ଶୋଷଣ ଅନ୍ତର୍ଭୁକ୍ତ ଅଟେ। ଏପ୍ରକାର ଶୋଷଣ ପାଇଁ ଆମ ଭିତରେ ଥିବା ପୁଞ୍ଜିପତି ଏବଂ ମୁନାଫାଖୋର ଗୋଷ୍ଠୀଦାୟୀ। ଏଥିପାଇଁ ବର୍ତ୍ତମାନ 'କ୍ୟାମ୍ପେନ୍ ଏଗ୍‌ନେଷ୍ଟ ଚାଇଲଡ୍ ଲେବର' ତରଫରୁ ସଂଗ୍ରାମ ଜାରିରହିଛି। ସେହିପରି ବାଳିକା ଶ୍ରମ ନିଷେଦ୍ଧକୁ ସ୍ୱତନ୍ତ୍ର ଆଇନ ଅଛି।

ଶିଶୁଶ୍ରମିକ ପ୍ରଥା ଲୋପପାଇଁ ଖାଲି ଆଇନ ଯଥେଷ୍ଟ ନୁହେଁ। ଏଥିପାଇଁ ସଚେତନତା ସୃଷ୍ଟିଦରକାର ଏବଂ ସର୍ବଶିକ୍ଷା ଅଭିଯାନର ବାସ୍ତବ ରୂପରେଖ ପାଇଁ ଆନ୍ତରିକ ପ୍ରଚେଷ୍ଟା ଦରକାର। ଏ ଦାୟିତ୍ୱ ମୋର, ଆପଣଙ୍କର ଏବଂ ସଭିଙ୍କର।

ଏହା ସତ୍ୟ ଯେ ଶିଶୁହିଁ ଏ ଜାତିର ଭବିଷ୍ୟତ ଏବଂ କର୍ଣ୍ଣଧାର। ତାକୁ ଠିକ୍ ଭାବରେ ଗଢ଼ି ତୋଳିବା ଦାୟିତ୍ୱ ଆମର।

# ଅଳିଆଗଦାରେ ତରକାରୀ ଆଇନ

କୌଣସି ଭୋଜିରେ ଅଥବା ହୋଟେଲ, ରେଷ୍ଟୁରାଣ୍ଟ, କ୍ୟାଣ୍ଟିନ୍, କ୍ଲବ ଆଦିରେ ଜଣେ ବ୍ୟକ୍ତିଙ୍କୁ ଦୁଇ ପ୍ରକାରରୁ ଅଧିକ ତରକାରୀ ପରସା ଯାଇପାରିବ ନାହିଁ । ଏ ସଂକ୍ରାନ୍ତରେ ଓଡ଼ିଶା ସରକାରଙ୍କ ସ୍ୱତନ୍ତ୍ର ଆଇନଗତ ବ୍ୟବସ୍ଥା ଥିଲେ ମଧ୍ୟ ଏହାକୁ ସରକାରୀକଳ ବି ମାନୁନାହିଁ। ସରକାର ଚଳାଉଥିବା ବ୍ୟକ୍ତିବିଶେଷ ଓ ଉଚ୍ଚ ପଦାଧିକାରୀମାନେ ନିଜ ନିଜର ପତିଆରା ପାଇଁ ସ୍ଥଳବିଶେଷରେ ୨୦ ପ୍ରକାରରୁ ଅଧିକ ବ୍ୟଞ୍ଜନ ପରିବେଷଣ କରାଉଥିଲେ ମଧ୍ୟ ତାହାକୁ ରୋକାଯାଇ ନଥିବାରୁ ସାଧାରଣ ଲୋକଙ୍କ ଉପରେ ଏହି ଆଇନଗତ ବ୍ୟବସ୍ଥାର ସାମାନ୍ୟ ପ୍ରଭାବ ପଡୁନାହିଁ। ଅତ୍ୟାବଶୀକୟ ସାମଗ୍ରୀ ଆଇନ ଆଧାରରେ ଭାରତ ସରକାରଙ୍କ କୃଷି ମନ୍ତ୍ରାଳୟ ୧୯୭୨ ମସିହାରେ ଏପରି ଏକ ବ୍ୟବସ୍ଥା ପ୍ରଣୟନ କରିଥିଲେ। ଓଡ଼ିଶା ସରକାର ୧୯୭୩ ମସିହାରେ 'ଓଡ଼ିଶା ଫୁଡ୍ ରେଷ୍ଟ୍ରିକ୍‌ସନ ଅନ୍ ସର୍ଭିସ ଅଫ୍ ମିଲ୍ସ ବାଇ କ୍ୟାଟରିଙ୍ଗ୍ ଏଷ୍ଟାବ୍ଲିଶମେଣ୍ଟ ଅର୍ଡ଼ର' ଗେଜେଟ ବିଜ୍ଞପ୍ତିରେ ପ୍ରକାଶ କରିଥିଲେ। ଏହି ଆଇନଗତ ବ୍ୟବସ୍ଥା ଅନୁଯାୟୀ ରାଜ୍ୟ ସରକାରଙ୍କ ଦ୍ୱାରା କ୍ଷମତାପ୍ରାପ୍ତ କୌଣସି ଅଧିକାରୀ କିମ୍ବା ଇନ୍‌ସପେକ୍ଟର ଓ ତଦୁର୍ଦ୍ଧ୍ୱ ପାହ୍ୟାର କୌଣସି ପୋଲିସ୍ ଅଧିକାରୀ ଦୁଇରୁ ଅଧିକ ବ୍ୟଞ୍ଜନ ପରସା ଯାଉଥିବା ଭୋଜି କ୍ଲବ, ହୋଟେଲ, କ୍ୟାଟରିଙ୍ଗ ସଂସ୍ଥା ଆଦି ଉପରେ ଚଢ଼ାଉ କରି ରନ୍ଧା ହୋଇଥିବା ସାମଗ୍ରୀ ଓ ରନ୍ଧନପାତ୍ର ଆଦିକୁ ଜବତ କରିବା ସହିତ ବ୍ୟବସ୍ଥାର ଉଲ୍ଲଘଂନ କରିଥିବା ବ୍ୟକ୍ତିଙ୍କୁ ଜେରା କରିପାରିବେ। କ୍ରିମିନାଲ ପ୍ରୋସିଡିଓର କୋଡ଼ରେ ଥିବା ବିଭିନ୍ନ ଧାରା ଅନୁଯାୟୀ ଖିଲାଫକାରୀଙ୍କ ବିରୁଦ୍ଧରେ କାର୍ଯ୍ୟାନୁଷ୍ଠାନ ହୋଇପାରେ ବୋଲି ଆଇନଗତ ବ୍ୟବସ୍ଥା ଅଛି। କେବଳ ଖାଦ୍ୟ ଯୋଗାଣକାରୀ ସଂସ୍ଥା ନୁହନ୍ତି, କୌଣସି ବ୍ୟକ୍ତି ଦୁଇରୁ ଅଧିକ ତରକାରୀ ଖାଇବାକୁ ନେଇପାରିବେ ନାହିଁ। ପ୍ରମୁଖ ଖାଦ୍ୟ ହିସାବରେ ଭାତ, ଡାଲି, ଚପାତି, ପରଟା, ପୁରି, ଲୁଚି ଆଦି ସହିତ ମାଛ, ମାଂସ କିମ୍ବା ପରିବାରେ ପ୍ରସ୍ତୁତ ଗୋଟିଏ ତରକାରୀ ଏବଂ ତାହାର ସହଯୋଗୀ ଭାବେ ପରିବା, ଅଣ୍ଡା, ମିଠା ଆଦିରେ ତିଆରି ଆଉ ଗୋଟିକୁ ବ୍ୟବହାର କରିପାରିବେ । ତେବେ ଏହି ତରକାରୀ ବ୍ୟତିତ ସୁପ୍, ବିସ୍କୁଟ, ଜାମ୍, ଜୁସ୍, ଭଜା, ପାମ୍ପଡ଼, ଚଟଣୀ, ଖଟା, ରାଇତା, ପିଆଜ, ଘିଅ, ଲହୁଣି, ଦହି, ଛେନା, ଦୁଗ୍ଧ, କଷ୍ଟାଡ଼ ଆଦି ସେବନ କରାଯାଇପାରିବ। ଖାଦ୍ୟ କଟକଣା ପାଇଁ ଆଇନରେ ଏହି ବ୍ୟବସ୍ଥା ଥିବାବେଳେ ଏବେ ସମ୍ଭ୍ରାନ୍ତ ଲୋକମାନଙ୍କର ବାହାଘର ଭୋଜିରେ ଆଠ ଦଶପ୍ରକାରର ଆମିଷ ଓ ଅନେକ କିସମର ନିରାମିଷ ବ୍ୟଞ୍ଜନ ପରସା ଯାଉଛି। ଯେଉଁମାନେ ଏହାକୁ ଜଗିବା କଥା ସେମାନେ ଭୋଜିଭାତ ଖାଇବା ସଙ୍ଗେ ସଙ୍ଗେ ସେଠାରେ ଆପ୍ୟାୟିତ ହେଉଥିବା ବିଶିଷ୍ଟ ଅତିଥିମାନଙ୍କ ନିରାପତ୍ତା କଥା ଦେଖୁଛନ୍ତି। ବିଦେଶରୁ ଆସୁଥିବା କୂଟନୈତିକ ଅତିଥିମାନଙ୍କୁ ଆପ୍ୟାୟିତ କରିବା ଲାଗି ଆୟୋଜିତ ନୈଶ୍ୟଭୋଜି ପାଇଁ ଏହି ଆଇନଗତ କଟକଣା ଲାଗୁନାହିଁ। ଓଡ଼ିଶା ସରକାର ସହରକୁ ଆସୁଥିବା ଦୂରଦୂରାନ୍ତର ସାଧାରଣ ଲୋକଙ୍କ ପାଇଁ ପାଞ୍ଚ ଟଙ୍କିଆ ଆହାର ଯୋଜନା ପ୍ରଣୟନ କରିଥିଲେ ବି ଏଥିରେ କିନ୍ତୁ ଅବ୍ୟବସ୍ଥା ଦେଖାଯାଉଛି। ଓଡ଼ିଶା ପରି ଅଭାବୀ ଓ ଗରିବ ରାଜ୍ୟରେ ଦିନରେ ଥରେ ମାତ୍ର ଖାଇବାକୁ ସକ୍ଷମ ନଥିବା ଅନେକ ଲୋକ ରହିଥିବାବେଳେ ସରକାରଙ୍କ ପ୍ରଣୀତ ବ୍ୟବସ୍ଥିତ ତରକାରୀ ଆଇନ ଅଳିଆଗଦାରେ ପଡ଼ିଛି। ଇଆଡ଼େ ଭୋଜି ପରଦିନ କୁଢ଼ କୁଢ଼ ବଳିଯାଇଥିବା ବା ଅତିଥିମାନେ ଛାଡ଼ିଥିବା ଅଇଁଠା ଖାଦ୍ୟ ଆବର୍ଜନା ପରିବେଶ ସୃଷ୍ଟି ମଧ୍ୟ କରୁଛି। ପରିବେଶ ପ୍ରଦୂଷଣ ହେଉଥିଲେ ବି ସମସ୍ତେ କିନ୍ତୁ ବେଫିକର। କଥା ହେଉଛି ତଥାକଥିତ ବଡ଼ବଡ଼ିଆମାନେ ନିଜର ଆତ୍ମସମୀକ୍ଷା ନକଲେ ଇଏ ଏକ ପ୍ରହସନ ହୋଇ ଯାହା ରହିବ।

# 'ମର୍ତ୍ତ୍ୟ ମଣ୍ଡଳେ ଦେହ ବହି...'

ଏହି ଅନିତ୍ୟ ସଂସାରରେ ଜନ୍ମ ନେଲେ ଯିବାକୁ ହିଁ ହୁଏ ଦିନେ। ବାସ୍ତବରେ ଯିବାଟା ହିଁ ସତ୍ୟ। ଯାହା ପ୍ରମାଣ କରେ ପୁଣିଥରେ ଆସିବାକୁ। ମାତ୍ର ଯେଉଁମାନେ ପରମପୁରୁଷ ଭଗବତ କୃପାଭିକ୍ଷୁ ଓ ସେବକ ସେମାନେ ଆପଣାର ସ୍ମୃତିର ପଦଚିହ୍ନ ଛାଡ଼ି ଯାଇଥାନ୍ତି ପରବର୍ତ୍ତୀ ସମୟର ଜନମାନସ ପାଇଁ। ସତ୍ୟ, ନ୍ୟାୟ ଓ ତ୍ୟାଗର କ୍ଷୁରଧାରକୁ ଅହର୍ନିଶ ପରୀକ୍ଷା କରୁଥିବା, ଜୀବନ ଯନ୍ତ୍ରଣାରେ ବେଦନାବିଦ୍ଧ ହୋଇ ପରପାଇଁ ସୁଖର ହସ ବାଣ୍ଟୁଥିବା ଜଣେ ସେହିପରି ଅବିସ୍ମରଣୀୟ ବ୍ୟକ୍ତିତ୍ୱ ଥିଲେ ଏହି ପରୋପକାରୀ ଆଧ୍ୟାତ୍ମିକ ସମାଜ ସେବିକା ସ୍ୱର୍ଗତାଃ ରୁକ୍ମଣୀ ଦେବୀ। ତାଙ୍କ ଜୀବନଟା ଥିଲା ଆମ ସମସ୍ତଙ୍କ ପାଇଁ ପ୍ରେରଣାର ଉତ୍ସ। ଏକ ବଡ଼ ଯୌଥ ପରିବାରରେ ଜନ୍ମ ହୋଇ ଦାୟିତ୍ୱ ନିର୍ବାହ କରି ଗରିବ, ଅନାଥ, ଅସହାୟ ଝିଅ ଓ ମହିଳା ମାନଙ୍କ ପାଇଁ ତାଙ୍କ ଜୀବନର ଶେଷ ନିଶ୍ୱାସ ହିଁ କାନ୍ଦୁଥିଲା। ସେ ଥିଲେ ମୋ ଆଧ୍ୟାତ୍ମିକ ସମାଜ ସେବାର ଉତ୍ସ ରୁକ୍ମଣୀ ମାଆ। ପିଲାବେଳର ସ୍ମୃତି ମନେପଡ଼ିଗଲା ବେଳେ ଭାବେ ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ତତ୍ତ୍ୱଜ୍ଞାନ ଯାହା ଥିଲା ସବୁବେଳେ ପ୍ରେରଣା, ସମାଜ ସେବା ହିଁ ବଡ଼ ଉତ୍ସ। ନିଜ ଜୀବନରେ ସେ କେବେ ନିଜର ସମାଜ ସେବାକୁ ପ୍ରଚାର ପ୍ରସାର ଚାହୁଁ ନଥିଲେ ଏବଂ ସଂଯୋଗ ବଶତଃ ମହାପ୍ରଭୁ ଶ୍ରୀଜଗନ୍ନାଥ ହାତଛନ୍ଦି ଥିଲେ ମୋ ଜୀବନ ସାଥି ଉଦୟ କୁମାର ଦାସଙ୍କ ସହିତ। ଯିଏ କି ଆଧ୍ୟାତ୍ମିକ ସମାଜ ସେବା ପାଇଁ ବଡ଼ ପ୍ରେରଣାର ଉତ୍ସ। ଶାସ୍ତ୍ରରେ ନାରୀମାନଙ୍କୁ ସପ୍ତ ସଦ୍‌ଗୁଣର ଅଧିକାରିଣୀ ବୋଲି କୁହାଯାଇଛି। ସତ୍ୟ, ପ୍ରେମ, ଧର୍ମ, ଶାନ୍ତି, ସହନ, ଆନନ୍ଦ ଓ ସ୍ୱାନୁଭୂତି। ସେ ଘରର ସ୍ତ୍ରୀ, ଯେ କି ଘରର ସୁନାମର ଆଧାର। ସେହିପରି ରାଜ୍ୟ ଦେଶ, ଏପରିକି ବିଶ୍ୱର ମର୍ଯ୍ୟାଦା ରକ୍ଷାରେ ନାରୀମାନଙ୍କର ମୁଖ୍ୟ ଭୂମିକା ରହିଛି। ଘର ଭିତରେ ନାରୀକୁ ଗୃହଲକ୍ଷ୍ମୀର ଉଚ୍ଚ ମର୍ଯ୍ୟାଦା ଦିଆଯାଇଛି। ପତି ଅସୁବିଧାର ସମ୍ମୁଖୀନ ହେବା ବେଳେ ପତ୍ନୀ ସଙ୍ଗେ ସଙ୍ଗେ ତାଙ୍କ ଦୁଃଖରେ ଭାଗୀ ହୁଏ ଏବଂ ପତି ତଥା ପରିବାରର କଲ୍ୟାଣ ପାଇଁ ଯେ କୌଣସି କାର୍ଯ୍ୟ କରିବାକୁ ଯେ କୌଣସି ଦୁର୍ଦ୍ଦଶା ଭୋଗିବାକୁ ଏପରିକି ନିଜର ଜୀବନ ତ୍ୟାଗ କରିବାକୁ ପ୍ରସ୍ତୁତ ଥାଏ। ଘରଣୀ ହିଁ ଘରର ସୁନାମ ପଛରେ ଥାଏ। ନାରୀ ତ୍ୟାଗସ୍ୱରୂପିଣୀ ଅଟେ। ପୁରୁଷ ତ୍ୟାଗ କରୁଥିଲେ ବି ସେଥିରେ ସ୍ୱାର୍ଥଭାବନା ଥାଏ, କିନ୍ତୁ ନାରୀର ତ୍ୟାଗ ପୁରାପୁରି ନିଃସ୍ୱାର୍ଥପର। ସେଥିପାଇଁ ଆମେ ଆମର ନାରୀମାନଙ୍କ ପାଇଁ ଗର୍ବ କରିବା ଉଚିତ।

ବ୍ରହ୍ମବୈବର୍ତ୍ତ ପୁରାଣରେ ବର୍ଣ୍ଣିତ ଅଛି- 'ଜଗତ ମାତା ଚ ପ୍ରକୃତିଃ ପୁରୁଷଶ୍ଚ ଜଗତ ପିତା। ଗରିୟସୀ ଜଗତାଂ ମାତା, ମାତା ଶତଗୁଣଂ ପିତା।।' ଅର୍ଥାତ୍ ଜଗତର ଜନ୍ମଦାତ୍ରୀ ହେଉଛନ୍ତି ମାତା। ଜଗତର ପାଳନ ବା ରକ୍ଷାକର୍ତ୍ତା ହେଉଛନ୍ତି ପୁରୁଷ। ସୁତରାଂ ଜନ୍ମଦାତ୍ରୀ ବା ଜଗତର ମାତା, ପିତାଙ୍କ ଠାରୁ ଶହେଗୁଣ ଅଧିକ ଶ୍ରେଷ୍ଠ। ନାରୀଙ୍କ ସ୍ଥାନ ସର୍ବଦା ଆଗରେ। ନାରୀକୁ ପ୍ରଥମ ସ୍ଥାନ ଦିଆଯାଇଛି। ଆଦି ମହୀୟସୀ ମହିଳାମାନେ ନିଜ ନିଜ କ୍ଷେତ୍ରରେ ସେମାନଙ୍କର କାର୍ଯ୍ୟଦକ୍ଷତା ଓ ଅଦମ୍ୟ ଶକ୍ତିର ପରାକାଷ୍ଠା ପ୍ରତିପାଦନ କରି କାଳଜୟୀ ହୋଇପାରିଛନ୍ତି। ନାରୀ ପୁରୁଷଙ୍କଠାରୁ କୌଣସି ଗୁଣରେ କମ ନୁହଁନ୍ତି। ନାରୀ ବିନା ଏ ସୃଷ୍ଟି ସମ୍ଭବ ନୁହେଁ। ନାରୀ ବିନା ସଂସାର କଳ୍ପନା ବୃଥା। ନାରୀ ବିନା ପୁରୁଷ ସମ୍ପୂର୍ଣ୍ଣ ହୋଇପାରେନା। ନର, ନାରୀ ଏକ ରଥର ଦୁଇ ଚକ। ଏକ ଶରୀରର ଦୁଇପାଦ। ଏକ ମୁଖର ଦୁଇ ନେତ୍ର। ଜଣକ ବିନା ଅନ୍ୟଟି ଅସମ୍ପୂର୍ଣ୍ଣ। ତେଣୁ ନାରୀକୁ ପୁରୁଷର ଅର୍ଦ୍ଧାଙ୍ଗିନୀ କୁହାଯାଏ। ଭାରତୀୟ ସଂସ୍କୃତି ଓ ଧର୍ମରେ ନାରୀକୁ ଆବହମାନ କାଳରୁ ପୁରୁଷର ଏକ ଓ ଅବିଚ୍ଛିନ୍ନ ଅଙ୍ଗରୂପେ ସ୍ୱୀକାର କରାଯାଇଛି। ପତ୍ନୀ ବିନା ପତିର କୌଣସି ଧର୍ମକାର୍ଯ୍ୟ, ଯଜ୍ଞାଦି କର୍ମ ସଫଳ ହୁଏନା। ତେଣୁ ତ୍ରୈତ୍ତରୀୟ ପୁରାଣରେ ବର୍ଣ୍ଣିତ ଅଛି - 'ଅଯଜ୍ଞୋ ବା ଏଷ ପୋ ପତ୍ନୀକଃ।। ଅର୍ଥାତ୍ ଯିଏ ଅପତ୍ନୀକ, ତାର ଯଜ୍ଞପୂର୍ଣ୍ଣ ହୁଏନା। ପତ୍ନୀ ବିନା ଯଜ୍ଞ ଅସମ୍ଭବ ବା ଅପୂର୍ଣ୍ଣ ରହେ। ନାରୀ ସର୍ବଦା କଲ୍ୟାଣକାରୀ। ସେ ପୂଜ୍ୟା। ଗୃହର ଦୀପ୍ତି। ନାରୀ ଧର୍ମକାର୍ଯ୍ୟର ସହାୟିକା ଅଟନ୍ତି। କୁହାଯାଏ - ଦାରାଧିନ ସ୍ତଥା ସ୍ୱର୍ଗଃ... ଅର୍ଥାତ୍ ସ୍ୱର୍ଗ ସ୍ତ୍ରୀର ଅଧିନ ଅଟେ। ମନୁ ସଂହିତାରେ ବର୍ଣ୍ଣିତ ଅଛି - 'ଯତ୍ର ନାର୍ଯ୍ୟବସ୍ତୁ ପୂଜ୍ୟନ୍ତେ ରମନ୍ତେ ତତ୍ର ଦେବତାଃ, ଯତ୍ରୈତାସ୍ତୁ ନ ପୂଜ୍ୟନ୍ତେ ସର୍ବାସ୍ତତ୍ରା ଫଳାଃ କ୍ରିୟାଃ।।' ଯେଉଁ ଗୃହରେ ନାରୀକୁ ସମ୍ମାନ ଦିଆଯାଏ, ସେଠାରେ ଦେବ ବାସ କରନ୍ତି। ଯେଉଁଠାରେ ତା'ର ତିରସ୍କାର ହୁଏ, ସେଠାରେ ସମସ୍ତ କାର୍ଯ୍ୟ ନିଷ୍ଫଳ ହୁଏ। ଜୀବନକାଳ ଭିତରେ ସବୁବେଳେ ସମାଜ ସେବା ଓ ଆଧ୍ୟାତ୍ମିକତା ଭିତରେ ଜୀବନ ନିର୍ବାହ କରିଥିବା ଏପରି କ୍ୱଚିତ ମହିଳାଙ୍କ ଜୀବନ ଆମ ପାଇଁ ପ୍ରେରଣାର ଉତ୍ସ।

ନାରୀମାନଙ୍କୁ ଅଷ୍ଟୈଶ୍ୱର୍ଯ୍ୟ ସ୍ୱରୂପିଣୀ ବୋଲି କୁହାଯାଇଛି। ସେଥିପାଇଁ ଆମ ସଂସ୍କୃତିରେ ପିତା, ଗୁରୁ ଓ ଭଗବାନଙ୍କ ଅପେକ୍ଷା ମାତାଙ୍କୁ ସର୍ବୋଚ୍ଚ ସ୍ଥାନ ଦିଆଯାଉଛି। ଯଥାର୍ଥରେ କୁହାଯାଇଛି 'ଯତ୍ର ନାର୍ଯ୍ୟାସ୍ତୁ ପୂଜ୍ୟନ୍ତେ ତତ୍ର ରମନ୍ତେ ସର୍ବ ଦେବତା'। ତେଣୁ ଉପନିଷଦରେ ବର୍ଣ୍ଣନା ଅଛି - ନାରୀମାନେ ଲକ୍ଷ୍ମୀ ସ୍ୱରୂପିଣୀ ହୋଇଥିବା ଯୋଗୁଁ ସେମାନଙ୍କୁ ସମ୍ମାନିତା କରାଯିବା ବେଳେ ହିଁ ପୃଥିବୀ ସମୃଦ୍ଧିଲାଭ କରିପାରିବ। ତୁମେ ଏହା ନିଜେ ଦେଖିପାରିବ ଯେଉଁଠାରେ ସଚ୍ଚରିତ୍ରା ନାରୀମାନେ ଥାଆନ୍ତି ସେଠାରେ ତୁମେ ସମସ୍ତ ସମୃଦ୍ଧି ପାଇପାରିବ। ତୁମେ ସମସ୍ତେ ଜାଣିଛ ଯେ ବିଶ୍ୱଯୁଦ୍ଧ ସମୟରେ ଅନେକ ଦେଶ କ୍ଷତିଗ୍ରସ୍ତ ହେଲେ। ଭାରତ ଯଦି ଅକ୍ଷୁର୍ଣ୍ଣ ରହିପାରିଲା, ତାହାର କାରଣ ହେଉଛି କେବଳ ସଚ୍ଚରିତ୍ରା ନାରୀମାନଙ୍କ ଉପସ୍ଥିତି। ଭାରତ ନିଜର ମହାନତା ଓ ଗାରିମା ପାଇଁ ନାରୀମାନଙ୍କ ନିକଟରେ ସମ୍ପୂର୍ଣ୍ଣ ଋଣୀ। ତେଣୁ ନାରୀ ମାନଙ୍କୁ ସମ୍ମାନ କର ଏବଂ ସେମାନଙ୍କୁ ସୁଖୀ କର। ଅତୀତ ହେଉ, ବର୍ତ୍ତମାନ ହେଉ ବା ଭବିଷ୍ୟତ ହେଉ ସର୍ବକାଳରେ ନାରୀ ହିଁ ପ୍ରଗତିର ମେରୁଦଣ୍ଡ, ଦେଶ ଓ ଜାତିର ହୃତ୍‌ପିଣ୍ଡ ଓ ପ୍ରାଣବାୟୁ ସଦୃଶ। ଭାରତର ମହାନ ସଂସ୍କୃତିର ସୁରକ୍ଷା କ୍ଷେତ୍ରରେ ନାରୀ ମାନଙ୍କର ଦାନ ଅତୁଳନୀୟ। ବୈଦିକ ଯୁଗରୁ ବର୍ତ୍ତମାନ ପର୍ଯ୍ୟନ୍ତ ନାରୀମାନେ ହିଁ ଭାରତୀୟ ସଂସ୍କୃତିର ସଂରକ୍ଷକ ଓ କର୍ଣ୍ଣଧାର ହୋଇ ଆସିଛନ୍ତି। ଆମ ଜନ୍ମଭୂମି ଭାରତରେ ଅମୃତୋପମ ଭାବ ହେଉଛି ନିଜର ମାତାଙ୍କ ପ୍ରତି ପ୍ରେମ। ଉତ୍ତମ ଚରିତ୍ର ହିଁ ପ୍ରକୃତ ସୌନ୍ଦର୍ଯ୍ୟ, ନୈତିକତା ନାରୀର ପ୍ରାଣବାୟୁ, ଲଜ୍ଜ୍ୟା ତା'ର ଜୀବନୀ ଶକ୍ତି ଓ କଠୋର ସତ୍ୟାନୁସରଣ ହିଁ ତା'ର ପ୍ରତିଦିନର କର୍ତ୍ତବ୍ୟ।

# ରେମୁଣା ସମ୍ବାଦ ସାହିତ୍ୟ ଘର ପକ୍ଷରୁ ସ୍ୱାଭିମାନ ଦିବସ



ବାଲେଶ୍ୱର (ପିଏନ୍)- ରେମୁଣା ସମ୍ବାଦ ସାହିତ୍ୟ ଘର ଆନୁକୂଲ୍ୟରେ ଉତ୍କଳ ଗୌରବ ମଧୁସୂଦନ ଦାସଙ୍କ ଜୟନ୍ତୀରେ ସ୍ୱାଭିମାନ ଦିବସ ସତ୍ୟବତୀ ନଗର ସମ୍ବାଦ କାର୍ଯ୍ୟାଳୟ ପରିସରରେ ଅନୁଷ୍ଠିତ ହୋଇଯାଇଛି। ସାହିତ୍ୟ ଘର ସଭାପତି ଡ. ଭାଗବତ ପ୍ରସାଦ ଦାସଙ୍କ ପୌରହିତ୍ୟରେ ଅନୁଷ୍ଠିତ ସଭାରେ ମୁଖ୍ୟ ଅତିଥି କ୍ଷୀରଚରା ଗୋପୀନାଥ ମନ୍ଦିର ନିର୍ବାହି ଅଧିକାରୀ ସରୋଜ କୁମାର ବେହେରା, ମୁଖ୍ୟ ବକ୍ତା ବାଲେଶ୍ୱର ଓକିଲ ସଂଘର ସଭାପତି ମନୋଜ କୁମାର ନାୟକ, ସମ୍ମାନିତ ଅତିଥି ଅବସର ପ୍ରାପ୍ତ ଅଧ୍ୟକ୍ଷ ଡ. ଶ୍ୟାମସୁନ୍ଦର ପଣ୍ଡା, ଆଇନ ଜିବୀ ମାୟାଧର ମାହାର୍ଣ୍ଣା, ସାହିତ୍ୟକ ବିଧାନ ଚନ୍ଦ୍ର ରାୟ, ଶିକ୍ଷାବିତ୍ ବିଷ୍ଣୁପଦ ପଣ୍ଡା, ସଂଗୀତ ଗୁରୁ ଗଙ୍ଗାଧର ସେଠୀ, ଡ. ସତ୍ୟରଞ୍ଜନ ଦାସ, କବି ନିରଞ୍ଜନ ସାହୁ, ଶିକ୍ଷାବିତ୍ ବୃନ୍ଦାବନ ବେହେରା, ଦିନବନ୍ଧୁ ଦାସ, କବି ଗଙ୍ଗାଧର ଦାସ ପ୍ରମୁଖ ଯୋଗ ଦେଇ କୁଳବୃଦ୍ଧ ଜାତିପ୍ରାଣ ମଧୁବାବୁଙ୍କ ତ୍ୟାଗପୁତ ଜୀବନର ମହନୀୟ ଗୁଣାବଳୀ ଆଲୋଚନା କରି ତାଙ୍କ ଆଦର୍ଶରେ ଅନୁପ୍ରାଣିତ ହେବାକୁ ପରାମର୍ଶ ଦେଇଥିଲେ। ସଂଯୋଜକ ସାମ୍ବାଦିକ ଗୋବିନ୍ଦ ଚନ୍ଦ୍ର ପାଢ଼ୀ ସ୍ୱାଭିମାନ ଦିବସର ଆଭିମୁଖ୍ୟ ଓ ଆମ ଓଡ଼ିଶା ସମ୍ବାଦ ସାହିତ୍ୟ ଘରର କାର୍ଯ୍ୟଧାରା ସଂପର୍କରେ ଆଲୋକପାତ କରି ସମସ୍ତଙ୍କୁ ସ୍ୱାଗତ ଜଣାଇଥିଲେ। କବୟୀତ୍ରୀ ସତ୍ୟଭାମା ମୁଦଲି ମଧୁବାବୁଙ୍କ ଆବାହନୀ ଓ ଉଦ୍‌ଯାପନୀ ସଂଗୀତ ଗାନ କରିଥିଲେ। ଦ୍ୱିତିୟ ଅଧିବେଶନରେ କବି ରବୀନ୍ଦ୍ର କୁମାର ବିଶ୍ୱାଳ, କବି ମଧୁସୂଦନ ପାଢ଼ୀ ଓ କୁମାରୀ ଇପ୍ସିତା ସ୍ୱାଇଁ ସଂଯୋଜନାରେ ମଧୁସୂଦନଙ୍କ ଜୀବନୀ ଆଧାରିତ ଓ ସ୍ୱାଭିମାନ ସଂପର୍କିତ ଏକ ମନୋଜ୍ଞ କବିତା ପାଠୋତ୍ସବ ଅନୁଷ୍ଠିତ ହୋଇଥିଲା। ଏଥିରେ ବ୍ୟଙ୍ଗ କବି ପ୍ରଭାକର ସାହୁ, ଯୋଗେଶ ଚନ୍ଦ୍ର ବେହେରା, ଗର୍ଗପଦ ପଣ୍ଡା, ହରେକୃଷ୍ଣ ଗିରି, ସୀତାନାଥ ଦାସ, ମିନତୀ ପାତ୍ର, ଡ. ରତ୍ନାକର ସିଂହ, ନିରଞ୍ଜନ ବେହେରା, ପ୍ରଦୀପ କୁମାର ଉପାଧ୍ୟାୟ, ଷ୍ଟାଲିନ ମିଶ୍ର, ଦିବେନ୍ଦୁ ମଲ୍ଲିକ, କଞ୍ଚମଣି ସ୍ୱାଇଁ, ବାବୁଲି ନାୟକ, ସଇଦନ ବିବି, ଦୁଶମନ୍ତ ଦାସ, କବି ଚକ୍ରଧର ଦାସ, ସତ୍ୟ ନାରାୟଣ ପାକଳ, ନିରଞ୍ଜନ ମାହାର୍ଣ୍ଣା, ଜିତେନ୍ଦ୍ର କୁମାର ଘୋଷାଲ, ସଂଜୟ କୁମାର ପ୍ରଧାନ, ଯତିନ୍ଦ୍ରନାଥ ଜେନା, ରଶ୍ମିବାଳା ଦାସ, ଚକ୍ରଧର ଦାସ, ରାଧାରଞ୍ଜନ ଦାସ, ଈଶ୍ୱର ଚନ୍ଦ୍ର ବେହେରା, ବ୍ୟଙ୍ଗ କବି ପଦ୍ମଲୋଚନ ପ୍ରଧାନ, କାଳୀଚରଣ ବିନ୍ଧାଣୀ ପ୍ରମୁଖ ସ୍ୱରିତ କବିତା ପାଠ କରିଥିଲେ। କାର୍ଯ୍ୟକ୍ରମ ପରିଚାଳନାରେ ଇଂ ମାନସ କୁମାର ପାଢ଼ୀ, ବାବୁଲା ନାୟକ, କମଳା ନାୟକ ଙ୍କ ସମେତ ସାହିତ୍ୟ ଘରର ସଦସ୍ୟ ଓ ସଦସ୍ୟା ମାନେ ସହାୟତା କରିଥିଲେ। ଶେଷରେ କୋଷାଧ୍ୟକ୍ଷ ରମେଶ ଚନ୍ଦ୍ର ମହାରଣା ଧନ୍ୟବାଦ ଦେଇଥିଲେ।

# ଜିଲ୍ଲା ଉପଭୋକ୍ତା ସୁରକ୍ଷା ପରିଷଦ ବୈଠକ ଅନୁଷ୍ଠିତ

କେନ୍ଦ୍ରାପଡ଼ା (ପିଏନ୍): କେନ୍ଦ୍ରାପଡା ଜିଲ୍ଲାପାଳ ଅମୃତ ଋତୁରାଜଙ୍କ ପୌରୋହିତ୍ୟରେ ଜିଲ୍ଲା ଉପଭୋକ୍ତା ସୁରକ୍ଷା ପରିଷଦ ବୈଠକ ଜିଲ୍ଲାପରିଷଦ ସମ୍ମିଳନୀ କକ୍ଷରେ ଅନୁଷ୍ଠିତ ହୋଇଯାଇଛି। ଏହି ବୈଠକରେ ଜିଲ୍ଲା ଖାଉଟି ସୁରକ୍ଷା ପରିଷଦର ଅଧିକାରୀ ତଥା ଅତିରିକ୍ତ ଜିଲ୍ଲାପାଳ ପିତାମ୍ବର ସାମଲ, ଉପଜିଲ୍ଲାପାଳ ନିରଞ୍ଜନ ବେହେରା, ଖାଉଟି ସୁରକ୍ଷା ପରିଷଦର ସଭାପତି, କେନ୍ଦ୍ରାପଡା ବିଧାୟକଙ୍କ ପ୍ରତିନିଧି, ପାଟକୁରା ବିଧାୟିକାଙ୍କ ପ୍ରତିନିଧି, ରାଜନଗର ବିଧାୟକଙ୍କ ପ୍ରତିନିଧି, କେନ୍ଦ୍ରାପଡା, ମହାକାଳପଡା, ଗରଦପୁର ବ୍ଲକ ଅଧ୍ୟକ୍ଷ, କେନ୍ଦ୍ରାପଡା ପୌରପରିଷଦର ଅଧ୍ୟକ୍ଷା, ମାପଯନ୍ତ୍ର ଓ ବଜାର ନିୟନ୍ତ୍ରଣର ଜିଲ୍ଲା ଓ ରାଜ୍ୟ ସ୍ତରୀୟ ଅଧିକାରୀ ଓ ଉପଭୋକ୍ତାମାନେ ଉପସ୍ଥିତ ରହି ଉକ୍ତ ବିଷୟରେ ପୁଙ୍ଖାନୁପୁଙ୍ଖ ଭାବେ ଆଲୋଚନାରେ ଅଂଶଗ୍ରହଣ କରିଥିଲେ। ପ୍ରାରମ୍ଭରେ ବୈଠକର ଆବାହକ ତଥା ଅତିରିକ୍ତ ଜିଲ୍ଲାପାଳ ଉପସ୍ଥିତ ସଦସ୍ୟଙ୍କୁ ସ୍ୱାଗତ ଜଣାଇବା ସହ ଖାଉଟି ସୁରକ୍ଷା ସମ୍ପର୍କରେ ବିଶେଷ ବିବରଣୀ ପ୍ରଦାନ କରିଥିଲେ। ଏଥିରେ ଖାଉଟି ସୁରକ୍ଷା ସଭାପତି ପ୍ରବୋଧ କୁମାର ଦାଶ କିପରି ଖାଉଟିଙ୍କ ସୁରକ୍ଷା ନିମନ୍ତେ ଜିଲ୍ଲା, ରାଜ୍ୟ ଓ କେନ୍ଦ୍ର ସ୍ତରରେ କମିଶନମାନ ଗଠନ କରାଯାଇଛି ଏବଂ ଜଣେ ସାଧାରଣ ଖାଉଟି ଏହାର ସଦୁପଯୋଗ କରି ନିଜର ହକ ପ୍ରାପ୍ତ କରିପାରିବ ସେ ସମ୍ପର୍କରେ ଆଲୋକପାତ କରିଥିଲେ। ଏଥିସହ ସେ ଜଣେ ବୋଲେରୋ ହିତାଧିକାରୀ କିପରି ତାଙ୍କ ଗାଡିର ଚେଚିସ ଖରାପ ହୋଇଯିବାରୁ ସେ ମହିନ୍ଦ୍ରା କମ୍ପାନୀ ଠାରୁ ତାଙ୍କର କ୍ଷତିପୂରଣ ପାଇପାରିଲେ ଏକ ସୁନ୍ଦର ଉଦାହରଣ ମାଧ୍ୟମରେ ଘଟଣା ସମ୍ପର୍କରେ ବର୍ଣ୍ଣନା କରିଥିଲେ। ଏହା ପରେ ଓଜନ ଓ ମାପଯନ୍ତ୍ରର ଅଧିକାରୀ କିପରି ଭାବରେ ଜଣେ ହିତାଧିକାରୀ ହାତ ମାପ ଯନ୍ତ୍ର ଓ ଯାନ୍ତ୍ରିକ ମାପ ଯନ୍ତ୍ରର ଅନୀୟମୀତତାର ଠକାମିରେ ଶିକାର ନହେବ ସେ ବିଷୟରେ ପୁଙ୍ଖାନୁପୁଙ୍ଖ ଆଲୋଚନା କରିଥିଲେ।




# ଶ୍ରମିକ ଛଟେଇକୁ ନେଇ ବିଅର ଫ୍ୟାକ୍ଟ୍ରି ଆଗରେ ଧାରଣା

ପାରାଦୀପ,(ପି.ଏନ); ପାରାଦୀପ ଉପକଣ୍ଠରେ ଥିବା ବିଅର ଫ୍ୟାକ୍ଟ୍ରି ଆଗରେ ମଙ୍ଗଳବାର ଦିନ ଶ୍ରମିକମାନଙ୍କ ଅଶାନ୍ତି ଦେଖା ଦେଇଛି । ବେଆଇନ୍ ଭାବେ ଶ୍ରମିକମାନଙ୍କୁ ଛଟେଇ କରା ଯାଇଥିବା ପ୍ରତିବାଦରେ ଶହ ଶହ ଶ୍ରମିକ ଧାରଣା ଦେଇଛନ୍ତି । ଘଟଣାରୁ ପ୍ରକାଶଯେ, ପାରାଦୀପ ଉପକଣ୍ଠରେ କାର୍ଲ୍ସ ବ୍ରିୟରିଜ୍ ପ୍ରାଇଭେଟ୍ ଲିମିଟେଡ୍ ନାମକ ମଦ ଉତ୍ପାଦନକାରୀ କାରଖାନା ରହିଛି । ବିଭିନ୍ନ ସମୟରେ ଏହି କାରଖାନା ବିକ୍ରି ହୋଇ ଚାଲିଛି । ଏହି କମ୍ପାନୀ ବିଭିନ୍ନ ସମୟରେ ମନମୁଖୀ ଭାବେ ଶ୍ରମିକମାନଙ୍କୁ ଛଟେଇ କରି ବାହାରୁ ନୂଆ ନୂଆ ଶ୍ରମିକମାନଙ୍କୁ ଆଣି କାମରେ ନିଯୁକ୍ତି ଦେଇଛି । ଦୀର୍ଘ ୩୦ ବର୍ଷ ହେବ ଏଠାରେ କାମ କରୁଥିବା ଶ୍ରମିକମାନଙ୍କୁ ନୂଆ ଠିକାଦାର ଛଟେଇ କରି ନୂଆ ଶ୍ରମିକଙ୍କୁ କାମରେ ନିଯୁକ୍ତି କରିଥିବା ନେଇ ଅଭିଯୋଗ କରିଛନ୍ତି ବାପିନା ସ୍ୱାଇଁ, ପ୍ରତାପ କୁମାର ସ୍ୱାଇଁ, ଜ୍ୟୋସ୍ନାରାଣୀ ସେଠୀ । ଛଟେଇ ହୋଇଥିବା ୧୯୩ଜଣ ଶ୍ରମିକ ବେଆଇନ୍ ଛଟେଇକୁ ବିରୋଧ କରି ଶାନ୍ତିପୂର୍ଣ୍ଣ ଭାବେ ଧାରଣାରେ ବସିଛନ୍ତି । ଧାରଣାରେ ବସିଥିବା ଛଟେଇ ଶ୍ରମିକମାନଙ୍କ କହିବା କଥା ହେଲା ବିଅର ଫ୍ୟାକ୍ଟ୍ରି ସେମାନଙ୍କୁ ଅନ୍ୟକମ୍ପାନୀ ଅପେକ୍ଷା କମ୍ ଦରମା ଦେଉଛି । ଛଟେଇ କର୍ମଚାରୀମାନଙ୍କୁ ଯଦି ତୁରନ୍ତ ନ୍ୟାୟ ନ ମିଳେ ତେବେ ସେମାନେ ଆଗକୁ ଆନ୍ଦୋଳନକୁ ତୀବ୍ର କରିବେ ବୋଲି କହିଛନ୍ତି।

# ଟ୍ରକ୍ ଡ୍ରାଇଭରଙ୍କ ଆତଙ୍କରାଜ- ଟ୍ରକ୍ ମଧ୍ୟକୁ ଜଣକୁ ଅପହରଣ ଉଦ୍ୟମ

ପାରାଦୀପ,(ପି.ଏନ): ଟ୍ରକ୍ ଓଭରଟେକିଂକୁ ନେଇ କାର୍ଯ୍ୟରତ ହୋମଗାର୍ଡଙ୍କୁ ଟ୍ରକ୍ ଚଢାଇ ମାରି ଦେବା ଘଟଣାକୁ ତିନି ଦିନ ନପୁରୁଣୁ ପୁଣି ଏକ ଘଟଣା ଏବେ ଲୋକମାନଙ୍କ ଆଗରେ ଦେଖିବାକୁ ମିଳିଛି । ଗତ ଶନିବାର ଦିନ ପାରାଦୀପ ଉପକଣ୍ଠ ଦୋଛକିରେ କାର୍ଯ୍ୟରତ ଲକ୍ ଥାନା ହୋମ୍ଗାର୍ଡ ରାଜେନ୍ଦ୍ର ପ୍ରଧାନଙ୍କୁ ଧାଡି ଭାଙ୍ଗି ଆଇରନ୍ ଓଭରଟେକ୍ ଟ୍ରକ୍ ଚଢି ଯାଇଥିଲା । ଯାହାକୁ ନେଇ ସେଠାରେ ଦୀର୍ଘ ୭ ଘ । ଧରି ରାସ୍ତା ଅବରୋଧ ହୋଇଥିଲା । ସ୍ଥାନୀୟ ବିଧାୟକ ତଥା ଶିକ୍ଷମନ୍ତ୍ରୀ ପହଂଚିବା ପରେ ରାସ୍ତା ଅବରୋଧ ହଟିଥିଲା । ଏହି ଘଟଣାର ତିନି ଦିନ ନପୂରୁଣୁ ଆଉ ଏକ ଘଟଣାର ଦୃଶ୍ୟ ଭାଇରାଲ୍ ହେବାରେ ଲାଗିଛି । ଜଣେ ବ୍ୟକ୍ତିଙ୍କୁ ମୋବାଇଲ୍ ଚୋରର ଆଖ୍ୟା ଦେଇ ତାଙ୍କୁ ଜବରଦସ୍ତ ଅପହରଣ କରୁଥିବାର ଦୃଶ୍ୟ ଏହି ଫଟୋରେ ଦେଖିବାକୁ ମିଳିଛି । ଏହି ଦୃଶ୍ୟରେ ସଂପୃକ୍ତ ବ୍ୟକ୍ତିଙ୍କର ହାତ ପଛ ପଟୁ ବନ୍ଧା ହୋଇଥିବା ବେଳେ ତାଙ୍କୁ ଜବରଦସ୍ତ ଟ୍ରକ୍ ଭିତରକୁ ଠେଲିକି ଭ କରାଯାଉଛି । ଏହି ଦୃଶ୍ୟ ଯିଏବି ଦେଖିବ ସିଏ କହିବ ପାରାଦୀପରେ ଟ୍ରକ୍ ଡ୍ରାଇଭରଙ୍କ ଗୁଣ୍ଡାରାଜ କେତେ ପରିମାଣରେ ବଢିଯାଇଛି । ଘଟଣାର ସବୁଠୁ ଗୁରୁତ୍ୱପୂର୍ଣ୍ଣ କଥା ହେଉଛି ଏହି ଘଟଣା ଘଟୁଥିବା ସମୟରେ ମିଳିତ ଟ୍ରକ୍ ଆସୋସିଏସନ୍ର ଏକ ପ୍ରଚାର ଗାଡି ଯାଉଥିଲେ ବି ଏ ସମ୍ପର୍କରେ କୌଣସି ପଦକ୍ଷେପ ନନେବା ସାଧାରଣରେ ଅନେକ ପ୍ରଶ୍ନବାଚୀ ସୃଷ୍ଟି କରୁଛି । ଟ୍ରକ୍ ଧାଡିଭଙ୍ଗା ରୋକିବା ଆଳରେ ଟ୍ରକ୍ ମାଲିକ ଓ ଡ୍ରାଇଭରମାନେ ମନୋମୁଖୀ ଶାସନ ଚଳାଉଥିବା ଦେଖିବାକୁ ମିଳିଛି । ଏସମ୍ପର୍କରେ ତଦ' ଚାଲିଥିବା କହି ମତାମତ ଦେବାକୁ ଟ୍ରକ୍ ମାଲିକ ସଂଘର କର୍ମକ ।ମାନେ କୌଣସି ପ୍ରତିକ୍ରିୟା ଦେବାକୁ ମନା କରି ଦେଇଥିଲେ ।

# ଗ୍ରୀନ୍ ପାରଦୀପ ଟ୍ରଷ୍ଟ ପକ୍ଷରୁ ଗୁଣ୍ଡିଚା ମନ୍ଦିର ସଫେଇ

ପାରାଦୀପ,(ପି.ଏନ): ପାରାଦୀପ ମଧୁବନଠାରେ ମହାପ୍ରଭୂ ଶ୍ରୀ ଜଗନ୍ନାଥଙ୍କର ନବ ଦିନାତ୍ମକ ଯାତ୍ରା ଶେଷ ହୋଇଛି । ସୋମବାର ଦିନ ମହାପ୍ରଭୂ ରଥାରୂଢ ହୋଇ ମନ୍ଦିରକୁ ଫେରି ଯାଇଛନ୍ତି । ଏହି ନବ ଦିନାତ୍ମକ ଯାତ୍ରା ସମୟରେ ଗୁଣ୍ଡିଚା ମନ୍ଦିରଠାରେ ହଜାର ହଜାର ଭକ୍ତ ଯୋଗ ଦେଇ ଶ୍ରୀଜୀୟୁମାନଙ୍କୁ ଆଡପ ମଣ୍ଡପରେ ଦର୍ଶନ କରୁଥିଲେ । ଏଠାରେ ବହୁ ସଂଖ୍ୟାରେ ଦୋକାନ ବଜାର ଖୋଲିଥିଲା । ଗୁଣ୍ଡିଚା ମନ୍ଦିର ଓ ଏହାର ଆଖପାଖ ଅଂଚଳରେ ବହୁ ପରିମାଣରେ ଅଳିଆ ପଡି ରହିଥିଲା । ଏହାକୁ ଦେଖି ମଙ୍ଗଳବାର ଦିନ ପାରାଦୀପର ଅଗ୍ରଣୀ ସ୍ୱେଚ୍ଛାସେବୀ ସଙ୍ଗଠନ ଗ୍ରୀନ ପାରାଦୀପ ଟ୍ରଷ୍ଟର ସଦସ୍ୟମାନେ ଗୁଣ୍ଡିଚା ମନ୍ଦିର ଓ ଏହାର ଆଖପାଖ ଅଂଚଳ ସଫେଇ କରିବାକୁ ଆଗେଇ ଆସିଥିଲେ । ଟ୍ରଷ୍ଟର ସଭାପତି ରାକେଶ କୁମାର ପଟ୍ଟନାୟକଙ୍କ ଆହ୍ୱାନକ୍ରମେ ଟ୍ରଷ୍ଟର ଉପଦେଷ୍ଟା, କର୍ମକ ।,ସଦସ୍ୟମାନେ ମଙ୍ଗଳବାର ସକାଳୁ ଏକଜୁଟ୍ ହୋଇ ଗୁଣ୍ଡିଚା ମନ୍ଦିର ଓ ଏହାର ଆଖପାଖ ଅଂଚଳ ସଫେଇ କରିଥିଲେ । ପାରାଦୀପର ନଗରପାଳ ବସ' ବିଶ୍ୱାଳ ନିଜେ ଏହି କାର୍ଯ୍ୟକ୍ରମରେ ଉପସ୍ଥିତ ରହି ଗ୍ରୀନ ପାରାଦୀପ ଟ୍ରଷ୍ଟର ସଦସ୍ୟମାନଙ୍କ ସହିତ ମିଶି ସଫେଇ କରିଥିଲେ ।

# ଲିଜଧାରୀ ନିୟମ ବୈହିର୍ଭୁତ ଭାବେ ବାଲି ଖଦାନ ଚଳାଉଥିବା

ବାଲେଶ୍ୱର,(ପି.ଏନ): ସଦର ବ୍ଲକ ଅନ୍ତର୍ଗତ ନଗ୍ରମ ଗ୍ରାମ ପଞ୍ଚାୟତ ଓ ରେମୁଣା ବ୍ଲକ ଦହପଡ଼ା ଗ୍ରାମ ପଞ୍ଚାୟତର ଫୁଲଓ୍ୱାର କଷବା, କାଳିପୁର, ଖେଜୁରପୁର, ଦହପଡ଼ା, କଣ୍ଟାବଣିଆ, ଗମ୍ଭାରିଆ ଓ ଧରମପୁର ଗ୍ରାମର ଗ୍ରାମବାସୀ ମାନେ ଲିଜ ନେଇଥିବା ଅରୁଣାକର ଦାସଙ୍କ ବିରୁଧରେ ଜିଲ୍ଲାପାଳଙ୍କୁ ଏକ ଦାବି ପ୍ରଦାନ କରିଛନ୍ତି । ବାଲି ଉଠାଇବା ନିମନ୍ତେ କୌଣସି ଯାନ୍ତ୍ରିକ ବ୍ୟବସ୍ଥା ନିୟମ ନ ଥିବା ବେଳେ ପ୍ରତିଦିନ ପୋକ୍ଲେନ ମେସିନ ମାଧ୍ୟମରେ ନଦୀ ଗର୍ଭରୁ ବେଆଇନ ଭାବରେ ସହ ସହ ସିୟୁଏମ ବାଲି ଉତ୍ତୋଳନ କରୁଛନ୍ତି । ଏହି ବାଲି ସୌରାତ୍ ଚଳାଇବା ପାଇଁ ସମୁଦାୟ ୩୭ ହଜାର ୪୦୦ ସିୟୁଏମ ବାଲି ଉତ୍ତୋଳନ ପାଇଁ ଅନୁମତି ଅଛି । ୦.୩ ମିଟର ହିସାବରେ ବର୍ଷକୁ ଯେତିକି ବାଲି ଉତ୍ତୋଳନ କରିବା କଥା ପ୍ରତିଦିନ ଏହି ମେସିନ ସାହାଯ୍ୟରେ ବେଆଇନ ଭାବେ ବହୁତ ଅଧିକ ବାଲି ଉତ୍ତୋଳନ କରାଯାଉଛି । ଏହା ଦ୍ୱାରା ସରକାର ଉକ୍ତ ସୈରାତ୍କୁ ବାର୍ଷିକ ଲକ୍ଷ ଲକ୍ଷ ଟଙ୍କା ରାଜସ୍ୱ ହରାଉଥିବାର ଜଣାପଡୁଛି । ଅଧିକ ବାଲି ଉତ୍ତୋଳନ ଓ ପରିବହନ ଜଣା ପଡିଯିବା ଭୟରେ ତହସିଲ କାଯ୍ୟାଳୟରୁ ମିଳିଥିବା କେଫର୍ମ ଜାଣିଶୁଣି ଗାଡ଼ିକୁ ଦିଆଯାଉ ନାହିଁ । ଉକ୍ତ ବାଲି ସୈରାତ କୌଣସି ଗୋଟିଏ ମଧ ନିୟମର ସର୍ତ ଅନୁସରଣ କରୁ ନାହିଁ ଏବଂ ଏହା ଜାତୀୟ ସବୁଜ ପ୍ରାଧିକରଣ (ଏନଜିଟି) ପାସ ହୋଇଛି କି ନାହିଁ ତାହା ମଧ ସନ୍ଦେହ ସୃଷ୍ଟି ହେଉଛି । ନଦୀ ପଠାରୁ ୪୦ ମିଟର ଛାଡ଼ି ଓ ମାତ୍ର ୦.୩ ମିଟର ଗଭୀର ପର୍ଯ୍ୟନ୍ତ ବାଲି ଉଠାଇବାର ନିୟମ ଥିବା ବେଳେ ଉକ୍ତ ଲିଜ୍ଧାରୀ ଏହାର ସମ୍ପୂର୍ଣ୍ଣ ଓଲଟା ଅର୍ଥାତ ନଦୀ ପଠାକୁ ଖୋଳି ଡମ୍ଫର ସାହାଯ୍ୟର ସହ ସହ ଟ୍ରିପ ମାଟି ବିକ୍ରି କରୁଛନ୍ତି । ଫଳରେ ନଦୀ ଗର୍ଭରେ ୫୦ ରୁ ୬୦ ଫୁଟ ପର୍ଯ୍ୟନ୍ତ ଗଣ୍ଡ ସୃଷ୍ଟି ହୋଇ କିଛି ଲୋକ ନଦୀରେ ଗାଧଇବା ସମୟରେ ପାଣିରେ ବୁଡ଼ିଯାଇ ମୃତ୍ୟୁ ବରଣ କରୁଥିବା ଉଦାହରଣ ମଧ ରହିଛି । ନଦୀ ଜଳଠାରୁ ମାଟି ଖୋଳି ବିକ୍ରି କରିବା ଫଳରେ ବୁଢ଼ାବଳଙ୍ଗ ନଦୀରେ ବନ୍ୟା ଆସିଲେ ନଦୀର ଗତିପଥ ପରିବର୍ତ୍ତନ ହୋଇ ଗ୍ରାମ ଗୁଡ଼ିକ ନଦୀ ଗର୍ଭରେ ଲୀନ ହେବାର ଆଶଙ୍କା ମଧ ସୃଷ୍ଟି ହୋଇଛି । ବର୍ତ୍ତମାନ ଗ୍ରୀଷ୍ମ ସମୟରେ ଗୋରୁ ଗାଇ, ଛେଳି ଇତ୍ୟାଦି ପ୍ରାଣି ମାନେ ପାଣି ପିଇବା ପାଇଁ ନଦୀକୁ ଯିବା ବେଳେ ନଦୀ ପାଣି ଗୋଳିଆ ହୋଇଯାଇଥିବାରୁ ପାଣି ମଧ ପିଇ ପାରୁ ନାହାନ୍ତି ।ରାଜ୍ୟ ପରିବେଶ ଓ ପ୍ରଭାବ ମୁଲ୍ୟାୟନ କର୍ତ୍ତୃପକ୍ଷଙ୍କ ଜଣେ ବରିଷ୍ଠ ବୈଜ୍ଞାନିକ, ରାଜ୍ୟ ପ୍ରଦୁଷଣ ବୋର୍ଡ଼ର ବରିଷ୍ଠ ବୈଜ୍ଞାନିକ, ଜିଲ୍ଲାପାଳ କିମ୍ବା ତାଙ୍କ କେହି ପ୍ରତିନିଧି ଓ ଜିଲ୍ଲା ଖଣି ଅଧିକାରୀଙ୍କୁ ନେଇ ଏକ କମିଟି ଗଠନ କରାଯାଇ ସସବା ଦହପଡ଼ା ବାଲି ସୈରାତକୁ ନିରପେକ୍ଷ ତଦନ୍ତ କରି ଯଦି ଆଇନ ବୈହିର୍ଭୁତ କାର୍ଯ୍ୟ କରାଯାଇ ଥାଏ ତାହାହେଲେ ଲିଜ୍ଧାରୀ କରୁଣାକର ଦାସଙ୍କ ଉପରେ ଦିତ କାର୍ଯ୍ୟାନୁଷ୍ଠାନ ନେବାକୁ ଏହି ୨ ଟି ଗ୍ରାମ ପଞ୍ଚାୟତର ଅଧିବାସୀ ମାନେ ଦାବି କରିଛନ୍ତି ।

# ଓଡ଼ିଶା ପଥବିକ୍ରେତା ସଂଘ ପକ୍ଷରୁ ଜିଲ୍ଲାପାଳଙ୍କୁ ଦାବିପତ୍ର ପ୍ରଦାନ

ବାଲେଶ୍ୱର: ଆଜି ପୂର୍ବାହ୍ନରେ ଓଡ଼ିଶା ପଥବିକ୍ରେତା ସଂଘ ପକ୍ଷରୁ ଏକ ସୋଭାଯାତ୍ରା ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ ପହଞ୍ଚି ପଥବିକ୍ରେତା ଜୀବିକା ସୁରକ୍ଷା ଓ ପଥ ବିକ୍ରେତା ବିନିମୟ ଆଇନ ଉଲଘଂନ ଏବଂ ପଥବିକ୍ରେତାଙ୍କ ଜୀବିକା ଓ ଜୀବନ ଉଚ୍ଛେଦ ଅଭିଯୋଗ ବନ୍ଦ କରିବାକୁ ଏକ ଦାବିପତ୍ର ପ୍ରଦାନ କରିଛନ୍ତି । ପଥବିକ୍ରେତା ଙ୍କ ଜୀବିକା ସୁରକ୍ଷା ପାଇଁ ୨୦୧୪ କେନ୍ଦ୍ରୀୟ ଆଇନକୁ ବାଲେଶ୍ୱର ପୌର ଓ ଜିଲ୍ଲା ପ୍ରଶାସନ ବାରମ୍ବାର ଉଲଘଂନ କରି ଏହି ବର୍ଗର ମଣିଷଙ୍କ ଜୀବନ ଧାରଣ ଦୁର୍ବିସ କରାଇଲେଣି । ପୌର ଓ ଜିଲ୍ଲା ପ୍ରଶାସନ ବାରମ୍ବାର ଉଚ୍ଛେଦ କରି ପଥ ବିକ୍ରେତା ବୃଦ୍ଧି ଥିବା ସହ ସହ ପଥ ବିକ୍ରେତାଙ୍କ ଆଇନ ଗତ ସାମ୍ବିଧାନିକ ଅଧିକାରକୁ ଛଡ଼ାଇ ନେଇ ବାରମ୍ବାର ଅନ୍ୟାୟ କରିଚାଲିଛନ୍ତି । ଏହି ପରି ରାୟ ଶାସନ ବନ୍ଦ କରି ଉଠା ଦାକାନିଙ୍କୁ ସାମ୍ବିଧାନିକ ସାମାଜିକ ନ୍ୟାୟ ପ୍ରଦାନ କରିବା ନିମନ୍ତେ ଦାବି କରିଛନ୍ତି । ଓଟି ରୋଡ଼ରେ ୨ ଟିକିଆ ରାସ୍ତାର ପିଚୁ ରାସ୍ତା ଶେଷ ଠାରୁ ସାଢ଼େ ୪ ମିଟର ଭିତରେ କୌଣସି ଦୋକାନି ରହି ପାରିବେ ନାହିଁ ବୋଲି ପୌର କାର୍ଯ୍ୟ ନିର୍ବାହି ଅଧିକାରୀ ପଥ ବିକ୍ରେତା ସଂଘ କର୍ମକର୍ତ୍ତା ମାନଙ୍କୁ କହିବା ପରେ ପଥ ବିକ୍ରେତା ମାନେ ସେହି ଦିନ ବାହାରକୁ ଉଠାଇ ନେଇଥିଲେ । ରାସ୍ତାର ୨ ପାଶ୍ୱରେ କୌଣସି ଦୋକାନି ରହି ପାରିବେ ନାହିଁ ବୋଲି ଆରଏନବି ସଂସ୍ଥା କର୍ମଚାରୀ ମାନେ ସେଠାରେ ପଥ ବିକ୍ରେତା ମାନଙ୍କୁ ଭୟବିତ କରାଉଛନ୍ତି । ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ପରିସରରେ ସପିଙ୍ଗ କମ୍ପଲେକ୍ସ ନିର୍ମାଣ ବନ୍ଦ କରି ସେହି ଅଟାଳିକା ଗୁଡ଼ିକରେ ଇଂଚୁଡ଼ି ଲବଣ ସତ୍ୟା ଗ୍ରହ ଏବଂ ସ୍ୱାଧିନତା ଆନ୍ଦୋଳର ସଂଗ୍ରହାଳୟ ପ୍ରତିଷ୍ଠା କରାଯାଉଛି । ଓଟି ରୋଡର ସାଢ଼େ ୪ ମିଟର ପର୍ଯ୍ୟନ୍ତ ପ୍ରଶସ୍ତିକରଣ କରାଇବା ପରେ ବାକି ସ୍ଥାନ ଗୁଡ଼ିକ ପଥ ବିକ୍ରେତା କେନ୍ଦ୍ର ଓ ରାଜ୍ୟ କୁଟିରଶିଳ୍ପ, ହସ୍ତଶିଳ୍ପ ସମେତ ଆଞ୍ଚଳିକ ସାମଗ୍ରିର ପଥବିକ୍ରେତା କେନ୍ଦ୍ର ପ୍ରତିଷ୍ଠା କରି ଏହାକୁ ଜାତୀୟ ସ୍ତରରେ ଆକର୍ଷଣୀୟ ପଥ ବିକ୍ରେତା କେନ୍ଦ୍ର କରାଯାଇ ପର୍ଯ୍ୟଟକେ ଗ୍ରାହକ ମାନଙ୍କୁ ଆକୃଷ୍ଟ କରାଯାଉ । ବ୍ରିଜ ଅଞ୍ଚଳର କରୋନା ମହାମରୀ ସମୟର ସରକାରୀ ଘୋଷିତ ରିଲିଫ୍ ସମସ୍ତଙ୍କୁ ପ୍ରଦାନ କରାଯାଉ । ଜୟନ୍ତ ଦାସ ଙ୍କ ନେତୃତ୍ୱରେ ଅବିଦ ଖାନ, ମୋହିନି ମୋହନ ପରିଡ଼ା, ଅଭିରାମ ବାରିକ, ପ୍ରଶାନ୍ତ ସେଠୀ, ରତନ ଗିରି, ବିଜୟ ସାହ. ରାଧା ବାରିକ, ସୁମନ ସିଂହ, ନୟନ ମାଲୋହତ୍ରା ପ୍ରମୁଖ ଏହି ଶୋଭା ଯାତ୍ରାରେ ସାମିଲ ହୋଇଥିଲେ ।

# ପୁରୀ ପାଇଁ ଐତିହାସିକ ଦିନ :ମୁଖ୍ୟମନ୍ତ୍ରୀ

ପୁରୀ/ ନୂଆଦିଲ୍ଲୀ/ଭୁବନେଶ୍ୱର, (ପି.ଏନ): ପୁରୀରେ ଶ୍ରୀଜଗନ୍ନାଥ ମେଡ଼ିକାଲ କଲେଜ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ଦ୍ୱାରା ଲୋକାର୍ପିତ ହୋଇଯାଇଛି । ଲୋକାର୍ପଣ ସମାରୋହରେ କେନ୍ଦ୍ର ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ମନ୍ତ୍ରୀ ମନସୁଖ ମାଣ୍ଡଭୀୟ ଭର୍ଚ୍ଚୁଆଲ ମାଧ୍ୟମରେ ଯୋଡ଼ି ହୋଇଥିଲେ । ଏହି ଅବସରରେ ମୁଖ୍ୟମନ୍ତ୍ରୀ କହିଥିଲେ ଯେ ଏହା ପୁରୀ ପାଇଁ ଐତିହାସିକ ଦିନ । ଶିକ୍ଷକ ଓ ଛାତ୍ରଛାତ୍ରୀଙ୍କ ପ୍ରଚେଷ୍ଟାରେ ପୁରୀବାସୀଙ୍କ ସେବା କରିବାରେ ଏହି ଶିକ୍ଷାନୁଷ୍ଠାନ ନାଁ କରିବ ବୋଲି ମୁଖ୍ୟମନ୍ତ୍ରୀ ଆଶା ବ୍ୟକ୍ତ କରିଥିଲେ । ଅପରପକ୍ଷରେ କେନ୍ଦ୍ରମନ୍ତ୍ରୀ ଶ୍ରୀ ମାଣ୍ଡଭୀୟ ଓଡ଼ିଶାବାସୀଙ୍କୁ ସୁଲଭ ମୂଲ୍ୟରେ ସ୍ୱାସ୍ଥ୍ୟସେବା ଉପଲବ୍ଧ କରିବା ପାଇଁ ଆୟୁଷ୍ମାନ ଯୋଜନା ଲାଗୁ କରିବା ପାଇଁ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କୁ ଅନୁରୋଧ କରିଛନ୍ତି । ଏହି ଯୋଜନା ଲାଗୁ ହେବା ଦ୍ୱାରା ଓଡ଼ିଆ ଲୋକମାନେ ଲାଭ ପାଇବେ ଏବଂ ସ୍ୱାସ୍ଥ୍ୟ ବ୍ୟବସ୍ଥା ଭଲ ରହିବ ବୋଲି ସେ କହିଛନ୍ତି । କାର୍ଯ୍ୟକ୍ରମ ପରେ ଆୟୋଜିତ ସଭାରେ ମୁଖ୍ୟମନ୍ତ୍ରୀ କହିଥିଲେ ମହାପ୍ରଭୁ ଶ୍ରୀ ଜଗନ୍ନାଥଙ୍କ କ୍ଷେତ୍ରରେ ଏକ ଉନ୍ନତମାନର ମେଡିକାଲ କଲେଜ ପ୍ରତିଷ୍ଠା ହୋଇଛି । ଏହାଦ୍ୱାରା ମେଧାବୀ ଛାତ୍ରଛାତ୍ରୀମାନେ ମେଡିକାଲ ପାଠ ପଢିବା ସହିତ ପୁରୀ ଜିଲ୍ଲାରେ ସ୍ୱାସ୍ଥ୍ୟସେବା କ୍ଷେତ୍ରରେ ଏକ ନୂଆ ଯୁଗ ଆରମ୍ଭ ହେଲା ।କାର୍ଯ୍ୟକ୍ରମରେ ଉପସ୍ଥିତ ଛାତ୍ରଛାତ୍ରୀ ମାନଙ୍କ ସହିତ ଆଲୋଚନା କରି ମୁଖ୍ୟମନ୍ତ୍ରୀ ସେମାନଙ୍କୁ ଅଭିନନ୍ଦନ ଜଣାଇଥିଲେ ଏବଂ ଭବିଷ୍ୟତରେ ଭଲ ଡାକ୍ତର ହୋଇ ନିଷ୍ପାପର ଭାବେ ଉତମ ସ୍ୱାସ୍ଥ୍ୟସେବା ଯୋଗାଇ ଦେବାକୁ ସେମାନଙ୍କୁ ପରାମର୍ଶ ଦେଇଥିଲେ । ଶିକ୍ଷକ ଓ ଛାତ୍ରଛାତ୍ରୀ ମାନଙ୍କ ଉଦ୍ୟମରେ ଏହି କଲେଜ ସ୍ୱାସ୍ଥ୍ୟସେବା କ୍ଷେତ୍ରରେ ନିଜର ଗୁରୁତ୍ୱପୂର୍ଣ୍ଣ ଅବଦାନ ରଖିବ ବୋଲି ମୁଖ୍ୟମନ୍ତ୍ରୀ ଆଶାପ୍ରକାଶ କରିଥିଲେ । ଛାତ୍ରଛାତ୍ରୀ ମାନଙ୍କ ମଧ୍ୟରୁ ପୁରୀର ଶ୍ରୀ ସମ୍ପିତ ନାୟକ, ରାଜସ୍ଥାନର ପ୍ରଗତୀ ମୀନା ଓ ଓଡିଶାର ଶ୍ରୀ ସିଦ୍ଧାର୍ଥ ସାହୁ ପ୍ରମୁଖ ଛାତ୍ରଛାତ୍ରୀ ଏହି ଆଲୋଚନାରେ ଭାଗ ନେଇ ପୁରୀରେ ପଢିବାର ସୁଯୋଗ ପାଇଥିବାରୁ ଖୁସି ପ୍ରକାଶ କରି ଭବିଷ୍ୟତରେ ଚିକିତ୍ସା ସେବା କ୍ଷେତ୍ରରେ ପ୍ରତିଶୃତିବଦ୍ଧ ହୋଇ କାମ କରିବେ ବୋଲି କହିଥିଲେ । ପିଲାମାନେ କଲେଜର ଭିତିଭୂମିର ଉଚ୍ଚପ୍ରଶଂସା କରିଥିଲେ ।ଛାତ୍ରଛାତ୍ରୀଙ୍କ ସହ ମତ ବିନିମୟ କରିବା ଅବସରରେ ଶ୍ରୀ ମାଣ୍ଡଭୀୟ ଓଡ଼ିଶାରେ ସ୍ୱାସ୍ଥ୍ୟସେବା ସୁଲଭ ଓ ସର୍ବବ୍ୟାପୀ କରିବା ପାଇଁ ମେଡ଼ିକାଲ ଛାତ୍ରଛାତ୍ରୀଙ୍କୁ ପରାମର୍ଶ ଦେଇଛନ୍ତି । ସେ କହିଛନ୍ତି ଯେ ପୁରୀ ଜଗନ୍ନାଥ ମନ୍ଦିର ଯାଇ ଦର୍ଶନ କରିବା ଓ ମହାପ୍ରସାଦ ସେବନ କରିବା ଆମ ପାଇଁ ଗର୍ବର ବିଷୟ । ସେହି ପବିତ୍ର ଧାମରେ ରହି ମେଡ଼ିକାଲ ଶିକ୍ଷା ଲାଭ କରିବା ଛାତ୍ରଛାତ୍ରୀଙ୍କ ପାଇଁ ଗର୍ବର ବିଷୟ । ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ସ୍ୱପ୍ନ ରହିଛି ସ୍ୱାସ୍ଥ୍ୟସେବା ସୁଲଭ ଏବଂ ସର୍ବବ୍ୟାପୀ ହେବା ଦରକାର । ଏଥିପାଇଁ ଏକ ଡ଼ାକ୍ତର ରୂପରେ ଛାତ୍ରଛାତ୍ରୀଙ୍କୁ ଦୂର, ସୁଦୂର, ଗାଁ ଯେଉଁଠି ବି ଦାୟିତ୍ୱ ମିଳୁଛି, ସେମାନେ ଗରିବଙ୍କ ସେବା କରିବା ପାଇଁ ନିଜକୁ ଉତ୍ସର୍ଗ କରିବା ସହ ଦେଶର ସ୍ୱାସ୍ଥ୍ୟ କ୍ଷେତ୍ରରେ ଯୋଗଦାନ ରଖନ୍ତୁ । ମୋଦି ସରକାର ଓ ରାଜ୍ୟ ସରକାର ମିଳିତ ଭାବରେ ରାଜ୍ୟରେ ଅନେକ ମେଡ଼ିକାଲ କଲେଜ ଆରମ୍ଭ କରିଛନ୍ତି ଏବଂ ଆଗାମୀ ଦିନରେ ଅନେକ ମେଡ଼ିକାଲ କଲେଜ କାର୍ଯ୍ୟକ୍ଷମ ହେବାକୁ ଯାଉଛି । ଓଡ଼ିଶା ସମେତ ଦେଶର ଛାତ୍ରଛାତ୍ରୀମାନେ ଗୁଣାତ୍ମକ ଶିକ୍ଷା ନେଇ ଉତମ ଡ଼ାକ୍ତର ହୁଅନ୍ତୁ ଏବଂ ସରକାରୀ ବ୍ୟବସ୍ଥାକୁ ଉପଯୋଗ କରି ରାଜ୍ୟ ଓ ରାଷ୍ଟ୍ର ନିର୍ମାଣରେ ନିଜର ଯୋଗଦାନ ରଖନ୍ତୁ ।ସୁନ୍ଦରଗଡ଼ରେ ଏନଟିପିସି ତରଫରୁ ହସ୍ପିଟାଲ ହୋଇଛି । ତାଳଚେରରେ କୋଲ ଇଣ୍ଡିଆ ୧ ହଜାର କୋଟି ଟଙ୍କା ଖର୍ଚ୍ଚ କରି ମେଡ଼ିକାଲ କଲେଜ ନିର୍ମାଣ କରିଛି । ମୋଦି ସରକାରଙ୍କ ସମୟରେ ଓଡ଼ିଶାରେ ସ୍ୱାସ୍ଥ୍ୟ ସୁବିଧା, ମେଡ଼ିକାଲ କଲେଜ ଓ ସିଟ୍ ସଂଖ୍ୟା ବୃଦ୍ଧି ପାଉଛି । ଏହାର ଲାଭ ଓଡ଼ିଶାକୁ ମିଳିବ ବୋଲି କେନ୍ଦ୍ର ସ୍ୱାସ୍ଥ୍ୟ ମନ୍ତ୍ରୀ ମନସୁଖ ମାଣ୍ଡଭୀୟ କହିଛନ୍ତି ।

ଏହି ଉତ୍ସବରେ ରାଜ୍ୟ ସ୍ୱାସ୍ଥ୍ୟ ମନ୍ତ୍ରୀ ନବ ଦାସ,ଗଣଶିକ୍ଷା ମନ୍ତ୍ରୀ ସମୀର ରଞ୍ଜନ ଦାଶ, କ୍ରୀଡ଼ା ମନ୍ତ୍ରୀ ତୁଷାରକାନ୍ତି ବେହେରା , ପୁରୀ ସାଂସଦ ପିନାକୀ ମିଶ୍ର,ଫାଇଭ - ଟି ସଚିବ ଭି.କେ ପାଣ୍ଡିଆନ , ପୂର୍ବତନ ବାଚସ୍ପତି ମହେଶ୍ୱର ମହାନ୍ତି, ରାଜ୍ୟ ଯୋଜନା ବୋର୍ଡ଼ ଉପାଧ୍ୟକ୍ଷ ସଞ୍ଜୟ କୁମାର ଦାସବର୍ମା, ଓ ଜିଲ୍ଲାର ସମସ୍ତ ବିଧାୟକ ପ୍ରମୁଖ ଯୋଗ ଦେଇଥିଲେ । ଏହି କଲେଜରେ ଛାତ୍ରଛାତ୍ରୀ ମାନଙ୍କ ପାଇଁ ୧୦୦ଟି ଏମବିବିଏସ ଆସନ ରହିଛି । ଏହାଦ୍ୱାରା ବର୍ତ୍ତମାନ ସାରା ରାଜ୍ୟରେ ୮ଟି ସରକାରୀ ମେଡିକାଲ କଲେଜର ସମୁଦାୟ ଏମବିବିଏସ ଆସନ ସଂଖ୍ୟା ୧୨୫୦କୁ ବୃଦ୍ଧି ପାଇଛି । ମେଡିକାଲ କଲେଜ ସହିତ ୬୫୦ ଆସନ ବିଶିଷ୍ଟ ଏକ ସାତ ମହଲା ବିଶିଷ୍ଟ ଶିକ୍ଷା ହସ୍ପିଟାଲ ନିର୍ମାଣ ପାଇଁ ମଧ କାମ ଚାଲିଛି । ଏହି ଶିକ୍ଷା ହସ୍ପିଟାଲ ଜୁଲାଇ ୨୦୨୩ ସୁଦ୍ଧା ଏହା ସଂପୂର୍ଣ୍ଣ ହେବ ବୋଲି ଜଣାଯାଇଛି । ବର୍ତମାନ ଏହି କଲେଜ ପାଇଁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ ଶିକ୍ଷା ହସ୍ପିଟାଲ ଭାବେ କାର୍ଯ୍ୟ କରୁଛି । ପୁରୀକୁ ବହୁ ସଂଖ୍ୟାରେ ପର୍ଯ୍ୟଟକ ଆସୁଥିବାରୁ ଏହି ମେଡିକାଲ କଲେଜ ଓ ହସ୍ପିଟାଲ ଜିଲ୍ଲାର ସ୍ୱାସ୍ଥ୍ୟସେବା କ୍ଷେତ୍ରରେ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରିବ ।

# ପ୍ରଦେଶ ଛାତ୍ର କଂଗ୍ରେସ ପକ୍ଷରୁ ଏନ୍.ଏସ.ୟୁ. ଆଇ. ପ୍ରତିଷ୍ଠା ଦିବସ ପାଳିତ

ଭୁବନେଶ୍ୱର (ପି.ଏନ): ପ୍ରଦେଶ ଛାତ୍ର କଂଗ୍ରେସ ପକ୍ଷରୁ ଏନ୍.ଏସ.ୟୁ. ଆଇ. ପ୍ରତିଷ୍ଠା ଦିବସ ପାଳିତ ହୋଇଯାଇଛି । ପ୍ରଦେଶ ଛାତ୍ର କଂଗ୍ରେସ ସଭାପତି ୟାସୀର ନୱାଜଙ୍କ ସଭାପତିତ୍ୱରେ ପତାକା ଉତୋଳନ କାର୍ଯ୍ୟକ୍ରମ ହୋଇଥିଲା । ଜଟଣୀ ବିଧାୟକ ସୁରେଶ କୁମାର ରାଉତରାୟ ମୁଖ୍ୟ ଅତିଥି ଭାବରେ ଯୋଗଦେଇ ପତାକା ଉତୋଳନ କରିଥିଲେ । ଏହି ପରିପ୍ରେକ୍ଷୀରେ ଶ୍ରୀ ନୱାଜ କହିଥିଲେ ଯେ ପୂର୍ବତନ ପ୍ରଧାନ ମନ୍ତ୍ରୀ ଇନ୍ଦିରା ଗାନ୍ଧୀ ଏନ.ଏସ.ୟୁ.ଆଇ. ୧୯୭୧ ମସିହାରେ ପ୍ରତିଷ୍ଠା କରିଥିଲେ । ଛାତ୍ର କଂଗ୍ରେସର ଲକ୍ଷ୍ୟ ଛାତ୍ର ସମାଜକୁ ସଶକ୍ତ କରିବା । ଦାୟୀତ୍ୱବାନ ନାଗରିକ ଓ ନେତା ମଧ ସୃଷ୍ଟି କରିବା ଛାତ୍ର କଂଗ୍ରେସର କାର୍ଯ୍ୟର ଅଂଶ ବିଶେଷ ମାତ୍ର ସେମାନଙ୍କର ଗଣତାନ୍ତ୍ରୀକ, ଧର୍ମ ନିରପେକ୍ଷତା, ସମାନତା ଏବଂ ସୁଗୁଣ ରହିଥିବା ଦରକାର । ଶ୍ରୀ ନୱାଜ କହିଲେ ଓଡ଼ିଶାର ଛାତ୍ର କଂଗ୍ରେସ ଉଭୟ ନବୀନ ସରକାର ଓ ମୋଦୀ ସରକାରର ଭ୍ରଷ୍ଟାଚାର ବିରୋଧରେ ସଂଗ୍ରାମ କରୁଛି । ଚାକିରୀ ବିକିରୀର ପ୍ରତିବାଦ କରିଛି । ନାରୀ ନିର୍ଯ୍ୟାତନା ଓ ହତ୍ୟା, ଦରଦାମ ବୃଦ୍ଧି ପ୍ରସଙ୍ଗରେ ଉଭୟ ସରକାରକୁ ଜୋରଦାର ଘେରିଛି । ଆଜିର ଏହି କାର୍ଯ୍ୟକ୍ରମରେ ଲିଙ୍ଗରାଜ ସାହୁ, ମିହିର ଆଚାର୍ଯ୍ୟ, ରଞ୍ଜିତ ପାତ୍ର, ନିହାର ରଂଜନ ବେହେରା, ନଳିନୀକାନ୍ତ ନାୟକ, କାର୍ତିକେଶ୍ୱର କାଣ୍ଡି, ଅଖିଳେଷ ଯାଦବ, ବିଶ୍ୱଭୂଷଣ ମହାପାତ୍ର, ଏମଡି ସମ୍ୟୁଇଲ, ଭାଗ୍ୟଶ୍ରୀ ମହାନ୍ତି, ଜଗଦିଶ ଗଜେନ୍ଦ୍ର, ଅହମ୍ମଦ ଖାନ, ଏସ୍କେ ସାହାରୁଖ, ନିତେଶ ରଂଜନ ବେହେରା, ନିୟାଜୁଲ ଇସ୍ଲାମ, ଉଦିତ ପ୍ରଧାନ, ଜିତେନ୍ଦ୍ର ମଲ୍ଲିକ, ସନ୍ତୋଷ କୁମାର ଭୋଳ, କୁମାର ସୌରଭ, ତୋଫାନ ସେଠୀ, ଅରସଦ ଅନସାରୀ, ମିର ରିୟାଜୁଦିନ, ଆରିୟାନ ଦାସ, ଆଶିଷ ଦାସ, ଶୁଭକାନ୍ତ ବେହେରା, ରୋସନ କୁମାର କିରଣ ପ୍ରମୁଖ ଅଂଶଗ୍ରହଣ କରିଥିଲେ ।

## ପଳାଶୁଣିରେ ହେବ ଫୁଟ୍ ଓଭରବ୍ରିଜ୍ , ଜାଗା ଦେଖିଲେ ସାଂସଦ ଅପରାଜିତା ଷଡଙ୍ଗୀ

ଭୁବନେଶ୍ୱର ,(ପି.ଏନ): ରାଜଧାନୀର ଦୁର୍ଘଟଣା ପ୍ରବଣ ସ୍ଥାନ ପଳାଶୁଣିରେ ନିର୍ମାଣ ହେବ ଫୁଟ୍ ଓଭରବ୍ରିଜ୍ । ୧୬ ନମ୍ବର ଜାତୀୟ ରାଜପଥର ପଳାଶୁଣିଠାରେ ଫୁଟ୍ ଓଭରବ୍ରିଜ୍ ନିର୍ମାଣ ନେଇ ଭୁବନେଶ୍ୱରର ସାଂସଦ ଅପରାଜିତା ଷଡଙ୍ଗୀ ଟୁଇଟ୍ କରି ସୂଚନା ଦେଇଛନ୍ତି । ସାଂସଦ ଶ୍ରୀମତୀ ଷଡଙ୍ଗୀ ମଙ୍ଗଳବାର ଦିନ ଏଥିପାଇଁ ଜାଗା ପରିଦର୍ଶନ କରିଛନ୍ତି । ଏହାସହିତ ସାଂସଦ ଶ୍ରୀମତୀ ଷଡ଼ଙ୍ଗୀ ଜାତୀୟ ରାଜପଥ ପ୍ରାଧିକରଣ (ଏନଏଚଏଆଇ) ର ଅଧିକାରୀଙ୍କ ସହିତ ଆଲୋଚନା କରିଛନ୍ତି ।

# ଡିଏସ୍ପି ଏମଏଫ ଉନ୍ମୋଚନ କଲା 'ଭିଜନ ୨୦/୨୦'

ଭୁବନେଶ୍ୱର (ପିଏନ): ବ୍ୟବସାୟର ଭବିଷ୍ୟତ ସମ୍ପର୍କରେ ଦୂରଦୃଷ୍ଟି ପୋଷଣ କରିବାକୁ ଡିଏସ୍ପି ମ୍ୟୁଚୁଆଲ ଫଣ୍ଡ 'ଭିଜନ ୨୦/୨୦' ଶୀର୍ଷକରେ ଏକ ଆକଳନ ବିଚାରାଧାରାକୁ ଉପସ୍ଥାପନ କରୁଛି । ଡାକ୍ତରୀ ଶାସ୍ତ୍ରରେ ୨୦/୨୦ ଦୃଷ୍ଟିଶକ୍ତିର ତୀକ୍ଷ୍ଣ ଅବସ୍ଥା ସମ୍ପର୍କରେ ସୂଚିତ କରୁଛି । ଡିଏସ୍ପି ଏମଏଫ ନିବେଶକ ଅଥବା ସମ୍ଭାବ୍ୟ ନିବେଶକ ବ୍ୟବସାୟ ସଂସ୍ଥାଗୁଡିକର ଭବିଷ୍ୟତ ସମ୍ପର୍କରେ ଆକଳନ କରିବା ସମୟରେ ତାହାକୁ ଉଚ୍ଚ ଦୃଶ୍ୟମାନ, ମଧ୍ୟମ ଦୃଶ୍ୟମାନ ଏବଂ ନିମ୍ନ ଦୃଶ୍ୟମାନ ବ୍ୟବସାୟ ସଂସ୍ଥା ଭାବରେ ପୃଥକ କରି ତିନିଟି ଲେନ୍ସର ଉପଯୋଗ କରିଛି । ଏହି ଆକଳନରେ କୁହାଯାଇଛି ଯେ ମଧ୍ୟମରୁ ଉଚ୍ଚ ଆୟକାରୀ ବର୍ଗ ଉବେର / ଓଲା ସେବା ବ୍ୟବହାର କରିବା ପରିବର୍ତ୍ତେ ବ୍ୟକ୍ତିଗତ କାର୍ ଅଥବା ଦୁଇଚକିଆ ଗାଡି ଖରିଦ କରିବାକୁ ପସନ୍ଦ କରିବେ । ସମ୍ପ୍ରତି କମ୍ ବ୍ୟୟସାପେକ୍ଷ ଏବଂ ବଜାରରେ ଚାହିଦା ଥିବା ବ୍ୟବହୃତ (ସେକେଣ୍ଡ ହ୍ୟାଣ୍ଡ) ଗାଡିଗୁଡିକର ଚାହିଦା ବୃଦ୍ଧିପାଇଛି । ଅନୁରୂପ ଭାବେ ଏକାଧିକ ସପିଂ ଆପ୍ଲିକେସନ ଜରିଆରେ ଜନସାଧାରଣ ଅନ୍ଲାଇନରେ କିଣାକିଣି କରୁଛନ୍ତି ଏବଂ ଅନ୍ଲାଇନ ସ୍ୱାସ୍ଥ୍ୟଯନ୍ ତଥା ଔଷଧ ଆଦିର ଚାହିଦା ବିପୁଳ ବୃଦ୍ଧି ଘଟିଛି । ଦରିଦ୍ର ଲୋକଙ୍କ ପାଇଁ ସରକାର ଉନ୍ନତ ଜୀବନ ନିର୍ବାହ ପରିବେଶ ଯୋଗାଇବା ଉପରେ ଗୁରୁତ୍ୱ ଦେବା ସମ୍ଭାବନା ଥିବାରୁ ସୁଲଭ ମୂଲ୍ୟ ବାସଗୃହ ନିର୍ମାଣ ମଧ୍ୟ ତ୍ୱରାନ୍ୱିତ ହୋଇପାରେ । ଅନ୍ୟପକ୍ଷରେ ଓ୍ୱାର୍କ ଫ୍ରମ ହୋମ୍ (ଘରେ ରହି ଅଫିସ କାମ କରିବା) ବ୍ୟବସ୍ଥା ଦ୍ୱାରା ଘରଭଡା ବ୍ୟବସାୟ ପ୍ରଭାବିତ ହୋଇପାରେ ଏବଂ ସେହି ସମୟରେ ଇଣ୍ଟରନେଟ୍ କାରବାର ବ୍ୟାପକ ହେବ ଏବଂ ଏହାଦ୍ୱାରା ଦୂରସଂଚାର କମ୍ପାନୀଗୁଡିକ ଫାଇଦା ପାଇବେ । ଏଭଳି ପରିସ୍ଥିତିରେ ପ୍ୟାକେଟରେ ଆସୁଥିବା ପ୍ରସ୍ତୁତ ଖାଦ୍ୟର ଚାହିଦା ବୃଦ୍ଧିପାଇବ । ରପ୍ତାନିଭିତ୍ତିକ ଔଷଧୀୟ କମ୍ପାନୀଗୁଡିକ ମଧ୍ୟ 'ଆତ୍ମନିର୍ଭର ଭାରତ' ବିଷୟରୁ ସୁଯୋଗ ନେବାକୁ ଉତ୍ତମ ସ୍ଥିତିରେ ଅଛନ୍ତି । ହ୍ୟାଣ୍ଡ ସାନିଟାଇଜର, ହ୍ୟାଣ୍ଡ ଓ୍ୱାଶ୍ ଭଳି ସାମଗ୍ରୀର କାରବାର ୧୦ହଜାର ଗୁଣ ବୃଦ୍ଧିପାଇଛି । ଅନ୍ୟପକ୍ଷରେ ସାମାଜିକ ନିରାପତ୍ତା ବ୍ୟବସ୍ଥାର ଅଭାବ ଏବଂ ବ୍ୟୟବହୁଳ ସ୍ୱାସ୍ଥ୍ୟଯନ୍ ସହିତ ଭାରତରେ ସୁରକ୍ଷା ପ୍ରଦାନକାରୀ ପଲିସୀର ଖୁବ କମ୍ କାରବାର ଯୋଗୁଁ ଉଭୟ ସ୍ୱାସ୍ଥ୍ୟ ଓ ଟର୍ମଲାଇଫ ଇନସ୍ୟୁରାନ୍ସ ଚାହିଦା ବୃଦ୍ଧି ପାଇପାରେ । ଏହାକୁ ଡିଏସ୍ପି ଏମଏଫ ଭିଜନ ୧୫/୨୦ ବର୍ଗରେ ସ୍ଥାନିତ କରିଛି । ବେତନ କାଟ ଏବଂ ଚାକିରୀ ଛଟେଇ ଭଳି ଜଟିଳ ସମୟରେ ସାଧାରଣ ଜନତାଙ୍କ ଦ୍ୱାରା ଆଦୃତ ହେଉଥିବା ବ୍ରାଣ୍ଡ୍ଗୁଡିକ ପ୍ରିମିୟମ ବ୍ରାଣ୍ଡ୍ଗୁଡିକୁ ପଛରେ ପକାଇଦେବା ଆଶା

କରାଯାଉଛି, କାରଣ ଗ୍ରାହକମାନେ ମୂଲ୍ୟପ୍ରତି ସଚେତନ ହୋଇ କିଣାକିଣି କରିବା ଆରମ୍ଭ କରିଛନ୍ତି । ପ୍ରାଥମିକ ସମୟରେ ଅସାଧୁ ମହଜୁଦ କାରଣରୁ ଉପଭୋକ୍ତାଙ୍କ ଦ୍ୱାରା ମୁଖ୍ୟ ଖାଦ୍ୟସାମଗ୍ରୀ ବିପୁଳ ପରିମାଣରେ କିଣାକିଣି କରାଯିବା ପରିଲକ୍ଷିତ ହୋଇଛି ଏବଂ ଏ କ୍ଷେତ୍ରରେ ଦୀର୍ଘସୂତ୍ରୀ ଅଭିବୃଦ୍ଧି ଅପରିବର୍ତ୍ତିତ ରହିବା ମନେ କରାଯାଉଛି । ସ୍ୱାସ୍ଥ୍ୟରକ୍ଷା ଉତ୍ପାଦଗୁଡିକର ସୀମିତ ବ୍ୟବହାର ଏବଂ ଟୁଥପେଷ୍ଟ, ଫେସଓ୍ୱାଶ, ସାମ୍ପୁ ଭଳି ଅନ୍ୟ ସ୍ୱାସ୍ଥ୍ୟରକ୍ଷା ବର୍ଗର ଉତ୍ପାଦଗୁଡିକରେ ସେଭଳି ବୃଦ୍ଧି ଲକ୍ଷ୍ୟ କରାଯାଇନାହିଁ । ପ୍ୟାକେଟରେ ଆସୁଥିବା ଖାଦ୍ୟସାମଗ୍ରୀ ଚାହିଦା ଆଶାତୀତ ବୃଦ୍ଧିଘଟିଛି ଏବଂ ନିକଟରେ ଜଣେ ବିସ୍କୁଟ ଉତ୍ପାଦନକାରୀଙ୍କ କହିବା ଅନୁଯାୟୀ ସେମାନେ ଅଶୀବର୍ଷ ମଧ୍ୟରେ ଯେତିକି ବ୍ୟବସାୟ କରିନଥିଲେ ତାହା ଚଳିତ ମାସଗୁଡିକରେ କରିଛନ୍ତି । ତେବେ ଏହି ଧାରା ଜାରି ରହିବ ବୋଲି ଆମେ ମନେକରିପାରିବା ନାହିଁ । ଡିଏସ୍ପି ଏମଏଫର ଭିଜନ ୧୦/ ୨୦ ବର୍ଗରେ ଏହା ସ୍ଥାନ ପାଇଛି । ସାମ୍ପ୍ରତିକ ସ୍ଥିତିରେ ଲୋକେ ବାହାରେ ଖାଇବା ବନ୍ଦ କରିଦେଇଛନ୍ତି । ମହାମାରୀ ସମୟରେ ଅନ୍ଲାଇନ ସାମଗ୍ରୀ ଯୋଗାଣ ଗୁରୁତର ପ୍ରଭାବିତ ହୋଇଥିଲା ଏବଂ ଏହିସବୁ ରୋଷଶାଳା ବନ୍ଦ ହୋଇଯାଇଥିଲା । ଖୁଚୁରା ବ୍ୟବସାୟ ମଧ୍ୟ ପ୍ରଭାବିତ ହୋଇଥିଲା, ଯଦିଓ ସମ୍ପ୍ରତି ଏଥିରେ ପୁନରୁଦ୍ଧାର ଘଟିବାର କେତେକ ସୂଚନା ମିଳୁଛି । ତେଣୁ ଏହି ଶ୍ରେଣୀଗୁଡିକ ପୂର୍ବ ଅବସ୍ଥାକୁ ଫେରିବା ନିମନ୍ତେ କିଛି ସମୟ ଲାଗିବ ଏବଂ ଉପଭୋକ୍ତାଙ୍କର ବିଶ୍ୱାସ ଫେରାଇ ଆଣିବା ସହିତ ସେମାନଙ୍କ ଆସ୍ଥା ଜିତିବା ଏ କ୍ଷେତ୍ରରେ ଗୁରୁତ୍ୱପୂର୍ଣ୍ଣ ହେବ । ତତ୍ସହିତ ସମ୍ପ୍ରତି ଚଳଚ୍ଚିତ୍ରଗୁଡିକ ଅନ୍ଲାଇନ ପ୍ଲାଟଫର୍ମରେ ମୁକ୍ତିଲାଭ କରୁଥିବାରୁ ମଲ୍ଟିପ୍ଲେକ୍ସଗୁଡିକ ପ୍ରଭାବିତ ହେବ । ବିମାନରେ ଆବଦ୍ଧ ପରିବେଶ ସହିତ ଯାତ୍ରୀମାନେ ପାଖାପାଖି ବସୁଥିବାରୁ ନିୟମିତ ଯାତ୍ରୀବାହୀ ବିମାନ ଚଳାଚଳ ସ୍ୱାଭାବିକ ହେବାକୁ ଆଉ କିଛିଦିନ ଲାଗିପାରେ । କୋଭିଡ ଓ ଅଣ କୋଭିଡ ଚିକିତ୍ସା ନିମନ୍ତେ ରାଜ୍ୟ ସରକାରମାନେ ମୂଲ୍ୟ ସ୍ଥିର କରୁଥିବାରୁ ହସପିଟାଲଗୁଡିକରେ ଘରୋଇ ନିବେଶ ପ୍ରଭାବିତ ହୋଇପାରେ ବୋଲି କୁହାଯାଇଛି । ବ୍ୟାଙ୍କଗୁଡିକ ମଧ୍ୟ ମୋରାଟୋରିୟମକୁ ନେଇ ଆଗକୁ ବଢିବା ସମ୍ପର୍କରେ ଶିକ୍ଷାଲାଭ କରୁଛନ୍ତି ଏବଂ ଏହାଦ୍ୱାରା କେତେ ପ୍ରତିଶତ ଅର୍ଥ ପୁନର୍ଗଠନ କରାଯିବ, ତାହା ଦେଖିବାକୁ ବାକି ରହିଛି । ଏହା ଭିଜନ ୫/୨୦ରେ ସ୍ଥାନିତ ହୋଇଛି । ଡିଏସ୍ପିର ପୋର୍ଟଫୋଲିଓର ମୁଖ୍ୟଭାଗ ଉଚ୍ଚ ଏବଂ ନିମ୍ନ ଦୃଶ୍ୟମାନ କ୍ଷେତ୍ରରେ ଥିବା କମ୍ପାନୀଗୁଡିକୁ ନେଇ ପ୍ରସ୍ତୁତ । ଡିଏସ୍ପି ଏମଏଫ୍ର ବିଶ୍ୱାସ ଯେ କମ୍ ପରିମାଣର ଋଣ ସହିତ ଅଧିକ ଅର୍ଥ ପ୍ରବାହ ବ୍ୟବସ୍ଥା ସୃଷ୍ଟି ଦୀର୍ଘସୂତ୍ରୀ ଆକାରରେ ଉତ୍ତମ ଭାବେ କାର୍ଯ୍ୟ କରିଥାଏ ଏବଂ ଆମେ ସମ୍ପ୍ରତି ଯାହା ଦେଖୁଛୁ ସଙ୍କଟ ସମୟରେ ଏହା ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ ବିବେଚିତ ହୁଏ । ମାତ୍ରାଧିକ ଋଣକୁ ନେଇ ଭାରାକ୍ରାନ୍ତ ଅଥବା ସ୍ୱଳ୍ପ ଅର୍ଥ ପ୍ରବାହ ବ୍ୟବସ୍ଥା ଥିବା କମ୍ପାନୀଗୁଡିକ ହୁଏତ ସଫଳତାର ସହିତ ପ୍ରତିଦ୍ୱନ୍ଦ୍ୱିତା କରିବା ନେଇ ସମସ୍ୟାର ସମ୍ମୁଖୀନ ହୋଇପାରନ୍ତି । ଗୋଟିଏ କମ୍ପାନୀ ମୂଳଧନକୁ କେତେ ଦକ୍ଷ ଭାବରେ ନିବେଶ କରିପାରୁଛି ଏବଂ ପୁଞ୍ଜି ଦକ୍ଷତାଭିତ୍ତିକ ବ୍ୟବସାୟକୁ ପସନ୍ଦ କରୁଛି, ତାହା ଉପରେ ସମ୍ପତ୍ତି ସୃଷ୍ଟି ନିର୍ଭର କରେ ବୋଲି ଡିଏସ୍ପିର ବିଶ୍ୱାସ । ଏହା ଏକଥା ମଧ୍ୟ କହିଛି ଯେ ସାମ୍ପ୍ରତିକ ପରିବେଶ ଅନିଶ୍ଚିତ ଏବଂ ଅସ୍ଥିର ଅବସ୍ଥାରେ ରହିଛି । ବର୍ତ୍ତମାନ ସମୟରେ ଘଟୁଥିବା ପରିବର୍ତ୍ତନ ଉପଭୋକ୍ତାଙ୍କ ଆଚରଣରେ ପରିବର୍ତ୍ତନ ଆଣିବ । ତେଣୁ ଏହାକୁ ନେଇ ଡିଏସ୍ପି ଏମଏଫ ଉଲ୍ଲସିତ ଥିଲେ ମଧ୍ୟ ଭବିଷ୍ୟତ ପ୍ରତି ସଜାଗ ଦୃଷ୍ଟି ରଖିଛି ।

# ଗୁଣାତ୍ମକ ଶିକ୍ଷା ପ୍ରଣାଳୀର ପୁନରୁଦ୍ଧାର ପ୍ରୟୋଜନ

ଭୁବନେଶ୍ୱର(ପିଏନ)- ଭାରତ ବର୍ଷର ପ୍ରାଚ଼ୀନ ଗୁରୁକୁଳ ଶିକ୍ଷା ପରମ୍ପରା ଖୁବ ମହାନ ଓ ମହିମାମୟ ଥିଲା ବୋଲି ଓଡିଶା ବିଧାନ ସଭା ର ବାଚ଼ସ୍ପତି ଡ଼. ସୂର୍ଯ୍ୟନାରାୟଣ ପାତ୍ର ମତ ପ୍ରକାଶ କରିଛନ୍ତି । ଏହି ଗୁଣାତ୍ମକ ଏବଂ ଗୌରବାନ୍ୱିତ ଶିକ୍ଷା ପଦ୍ଧତି ର ପୁନରୁଦ୍ଧାର ସାମ୍ପ୍ରତିକ ଯୁଗରେ ଖୁବ ପ୍ରାସଙ୍ଗିକ ଓ ବାସ୍ତବିକ ବୋଧ ହେଉଥିବା ଡ଼.ପାତ୍ର ସୁଚ଼ାଇଛନ୍ତି । ଭୁବନେଶ୍ୱରର ନୂଆପଲ୍ଲୀ ଠାରେ ଏସାର ସିଷ୍ଟମ୍ସ ଏବଂ ଗୁରୁକୁଳ ଅନଲାଇନ ଶିକ୍ଷା ବ୍ୟବସ୍ଥାର ଭାରତ କାର୍ଯ୍ୟାଳୟ ଓ ଆନ୍ତର୍ଜାତିକ ମୁଖ୍ୟାଳୟ ର ଭରଚୁଆଲ ଶୁଭ ଉଦଘାଟନ କରି ଡ଼.ପାତ୍ର ବର୍ତ୍ତମାନ ପ୍ରଚ଼ଳିତ ଶିକ୍ଷା ପ୍ରଣାଳୀର ନୈତିକ ,ବୈଷୟିକ ,ପ୍ରଯୁକ୍ତିଗତ ଓ ବ୍ୟବହାରିକ ମାନ ବୃଦ୍ଧି କରିବାରେ ଏସାର -ଗୁରୁକୁଳ ନିଶ୍ଚିତ ଭାବେ ସକ୍ଷମ ହେବ ବୋଲି ଆଶା ପ୍ରକାଶ କରିଥିଲେ ।

ଉଦଘାଟନୀ ଉତ୍ସବରେ ସମ୍ମାନୀତ ଅତିଥି ଭାବରେ ଯୋଗଦେଇ ରାଜ୍ୟ ସରକାରଙ୍କର ଇଲେକ୍ଟ୍ରୋନିକ୍ସ , ପ୍ରଯୁକ୍ତି ବିଦ୍ୟା , କ୍ରୀଡା ,ଯୁବସେବା ମନ୍ତ୍ରୀ ତୁଷାରକାନ୍ତି ବେହେରା, ଫିତା କାଟି ଗୃହ ପ୍ରବେଶ କାର୍ଯ୍ୟ ସମ୍ପନ୍ନ କରିଥିଲେ । ଏହି ଅବସରରେ ଆୟୋଜିତ ଏକ ଆନ୍ତର୍ଜାତୀକ ୱେବିନାରକୁ ସମ୍ବୋଧନ କରି ଶ୍ରୀ ବେହେରା ସାରା ବିଶ୍ୱରେ ଓଡ଼ିଆ ଭାଷା ର ପ୍ରଚ଼ାର , ପ୍ରସାର ଏବଂ ଏହାକୁ ଲୋକପ୍ରିୟ କରିବା ପାଇଁ ଏସାର - ଗୁରୁକୁଳ ଯେପରି ମାଗଣା ଅନ ଲାଇନ ଶିକ୍ଷା ପ୍ରଦାନର ପ୍ରକ୍ରିୟା ପ୍ରାରମ୍ଭ କରିବାକୁ ଯାଉଛି , ତାର ଭ ?ୟସୀ ପ୍ରସଂଶା କରିଥିଲେ । ଆଜି ଇ -ଶିକ୍ଷା ଏବଂ ୫ ଜି ଟେକ୍ନୋଲୋଜିକୁ ଆପଣେଇବା ସମୟୋଚ଼ିତ ହେବ ବୋଲି ମନ୍ତ୍ରୀ କହିଥିଲେ ।ସମାରୋହରେ ବିଶିଷ୍ଟ ଅତିଥି ଭାବରେ ସାମିଲ ହୋଇ ପୂର୍ବତନ ମନ୍ତ୍ରୀ ଅମର ଶତପଥୀ , ଆମର ଶିକ୍ଷା ବ୍ୟବସ୍ଥା ସମ୍ପୂର୍ଣ୍ଣ ମାତ୍ରାରେ ପ୍ରଯୁକ୍ତି ବିଦ୍ୟାର କ୍ରୀତଦାସ ନ ସାଜି ସ୍ୱୟଂସମୃଦ୍ଧ ଓ ସୃଜନଶୀଳଯୁକ୍ତ ହେବା ଆବଶ୍ୟକ ବୋଲି ପରାମର୍ଶ ଦେଇଥିଲେ । ଅସ୍କାର ବିଧାୟିକା ମଞ୍ଜୁଳା ସ୍ୱାଇଁ ,ଏସାର - ଗୁରୁକୁଳ ଦ୍ୱାରା ସାରା ପୃଥିବୀରେ ଓଡ଼ିଆ ଶିକ୍ଷାକୁ ପରିବ୍ୟାପ୍ତ କରିବାର ପ୍ରୟାସକୁ ସ୍ୱାଗତ ଜଣାଇଥିଲେ ।

ଆନ୍ତର୍ଜାତିକ ଶୋଭନୀୟ ଆନ୍ଦୋଳନର ମୁଖ୍ୟ ଗୁରୁମା ଡ଼. ଅରୁନ୍ଧତି ଦେବୀ , ବିଦେଶରେ ଲୁପ୍ତ ପ୍ରାୟ ହେବାକୁ ଯାଉଥିବା ଓଡ଼ିଆ ଭାଷା କୁ ପୁନରୁଦ୍ଧାର କରିବା ଏବଂ ବର୍ତ୍ତମାନ ତଥା ଭବିଷ୍ୟତ ପିଢୀକୁ ଏହାର ଉପାଦେୟତା ପ୍ରତି ସଚେତନ କରାଇବା ଓ ଏଥିପ୍ରତି ଆକୃଷ୍ଟ କରିବା ଦିଗରେ ଏସାର - ଗୁରୁକୁଳ ନିଶ୍ଚିତ ଭାବରେ ନିର୍ଣ୍ଣାୟକ ଭୂମିକା ଗ୍ରହଣ କରିବ ବୋଲି ଭରସା ପ୍ରକଟ କରିଥିଲେ । ମାନବିକତା ଧର୍ମୀ ଶିକ୍ଷା ପାଇଁ ଉଦ୍ଦିଷ୍ଟ ଗୁରୁକୁଳ, ବିଦ୍ୟାର୍ଥୀର ଜୀବନ ଓ ମାନସିକତା ନିର୍ମାଣ କରିବ ବୋଲି ଡ଼.ଦେବୀ ଉଲ୍ଲେଖ କରିଥିଲେ । ପ୍ରବାସରେ ଓଡ଼ିଆ ପାଠ୍ୟକ୍ରମ ଶିକ୍ଷାଲାଭ କରୁଥିବା ଛାତ୍ର ଛାତ୍ରୀମାନଙ୍କୁ ଅନଲାଇନ ପରୀକ୍ଷା ଦେବାର ସୁଯୋଗ ପ୍ରଦାନ କରିବାକୁ ଚେନ୍ନାଇ ସ୍ଥିତ ପ୍ରବାସୀ ଓଡ଼ିଆ ସାଂସ୍କୃତିକ ସମାଜର ସଭାପତି ଶାନ୍ତନୁ କୁମାର ଜେନା, ରାଜ୍ୟ ସରକାରଙ୍କର ଦୃଷ୍ଟି ଆକର୍ଷଣ କରିଥିଲେ । ଅନଲାଇନ ଯୋଗେ ନୂଆକରି ଯୁଗୋପଯୋଗୀ ଗୁରୁଶିଷ୍ୟ ପରମ୍ପରାର ପୁନରୁଦ୍ଧାର, ସମୟର ଆହ୍ୱାନ ବୋଲି ନୂଆଦିଲ୍ଲୀ ସ୍ଥିତ ଡ଼. ଆମ୍ବେଦକର ଫାଉଣ୍ଡେସନ ର ନିର୍ଦ୍ଦେଶକ ଡ଼. ଦେବେନ୍ଦ୍ର ମାଝୀ ଦର୍ଶାଇଥିଲେ ।

ସ୍ୱାଗତ ଭାଷଣ ପ୍ରଦାନ କରି ଉତ୍ସବର ସହ ଆୟୋଜକ ବରିଷ୍ଠ ସାମ୍ବାଦିକ ତଥା ବନ୍ଦେ ଉତ୍କଳ ଫାଉଣ୍ଡେସନ ର ପ୍ରତିଷ୍ଠାତା ଅଧକ୍ଷ କିଶୋର ଦ୍ୱିବେଦୀ , ଏସାର - ଗୁରୁକୁଳ ପାରମ୍ପରିକ ଶିକ୍ଷା ପ୍ରଦାନ ଓ ଗ୍ରହଣ କ୍ଷେତ୍ରରେ ଏକ ବୈପ୍ଳବିକ ପରିବର୍ତ୍ତନ ଆଣିବା ପାଇଁ ଯାଉଥିବା ସୁଚ଼ାଇଥିଲେ । ବିଦ୍ୟାର୍ଥୀ ଶିକ୍ଷାଦାନ ନିକଟକୁ ନ ଆସି ଶିକ୍ଷାକୁ ବିଦ୍ୟାର୍ଥୀର ଦୁଆର ମୁହଁରେ ସପ୍ତାହକୁ ସାତଦିନ ଓ ୨୪ ଘଣ୍ଟା ଧରି, ତାଙ୍କର ସୁବିଧା ଅନୁସାରେ ପହଞ୍ଚାଇବା, ଏହି ନୂଆ ଶିକ୍ଷାକ୍ରମର ଅସଲ ଉଦେଶ୍ୟ ବୋଲି ଶ୍ରୀ ଦ୍ୱିବେଦୀ ଦର୍ଶାଇଥିଲେ ।

ଉଭୟ ପ୍ରକୃତ ଓ ଓ୍ୱ ?ବ ଯୋଗେ ଆୟୋଜିତ ଏହି ଉଦଘାଟନୀ ସମାରୋହର ମୁଖ୍ୟ ଆୟୋଜକ ଏବଂ ଏସାର- ଗୁରୁକୁଳ ର ଅଧକ୍ଷ ତଥା ପରିଚ଼ାଳନା ନିର୍ଦ୍ଦେଶକ ଇଂ ମୀନକେତନ ବିଶ୍ୱାଳ ଧନ୍ୟବାଦ ପ୍ରଦାନ କରି ଏସାର- ଗୁରୁକୁଳ ସଂସ୍ଥା ଗଠନ ପଛରେ ଥିବା ଦାର୍ଶନିକ ଓ ଆଧାତ୍ମିକଗତ ମହତ ଭାବନା ଉପରେ ଆଲୋକପାତ କରିଥିଲେ । ଦେଶର ଶିକ୍ଷା ବ୍ୟବସ୍ଥାର ଆମୂଳଚ଼ୂଳ ନବୀକରଣ ଓ ଏହାର ମାନବର୍ଦ୍ଧନ ପାଇଁ ଏସାର - ଗୁରୁକୁଳ ବଦ୍ଧପରିକର ବୋଲି ଇଃ ଶ୍ରୀ ବିଶ୍ୱାଳ ଉଲ୍ଲେଖ କରିଥିଲେ ।

ସମଗ୍ର ଡିଜିଟାଲ କାର୍ଯ୍ୟକ୍ରମକୁ ଏସାର- ଗୁରୁକୁଳ ପରିକଳ୍ପନାର ସର୍ଜନାକାରୀ ଏବଂ ସି .ଏମ .ଡି ଇଃ ଶ୍ରୀ ବିଶ୍ୱାଳଙ୍କର ସୁପୁତ୍ର ଶିବ ରଞ୍ଜନ ବିଶ୍ୱାଳ ମାଞ୍ଚେଷ୍ଟରରୁ ସଂଯୋଜନା କରିଥିଲେ । ଆୟୋଜନର ସୁପରିଚ଼ାଳନା କରିବାରେ ଶିବ କୁମାର ବିଶ୍ୱାଳ , ପ୍ରକାଶ ନାୟକ, ଦିଲ୍ଲୀପ କୁମାର ସାହୁ ଏବଂ ବିକାଶ ଚ଼ନ୍ଦ୍ର ନାୟକ ପ୍ରମୁଖ ମୁଖ୍ୟଭୂମିକା ଗ୍ରହଣ କରିଥିଲେ ଛ ଶେଷରେ ଜଗବନ୍ଧୁ ମୃଦୁଳି ଓ ତାଙ୍କର ସାଥି କଳାକାର ମାନେ ମନୋରଂଜକ ଭଜନ ପରିବେଷଣ କରିଥିଲେ ।




# ବାଲେଶ୍ୱର ପଲ୍ଲିଶ୍ରୀ ମେଳା ଆୟୋଜନ ପାଇଁ ଜିଲ୍ଲା ପ୍ରଶାସନ ପକ୍ଷରୁ ପ୍ରସ୍ତୁତି



ବାଲେଶ୍ୱର (ପିଏନ୍)- ଜିଲ୍ଲା ପ୍ରଶାସନ ଆନୁକୂଲ୍ୟରେ 'ବାଲେଶ୍ୱର ପଲ୍ଲିଶ୍ରୀ ମେଳା' ୨୦୨୨ ଆୟୋଜନ ନିମନ୍ତେ ଏକ ପ୍ରସ୍ତୁତି ବୈଠକ ଗତକାଲି ଅପରାହ୍ନରେ ଜିଲ୍ଲା ଗ୍ରାମ୍ୟ ଉନ୍ନୟନ ସଂସ୍ଥା ପ୍ରକଳ୍ପ ନିର୍ଦ୍ଦେଶକଙ୍କ କାର୍ଯ୍ୟାଳୟରେ ଅନୁଷ୍ଠିତ ହୋଇଯାଇଛି। ଜିଲ୍ଲାପାଳ ଶ୍ରୀ କେ.ସୁଦର୍ଶନ ଚକ୍ରବର୍ତ୍ତୀଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି ବୈଠକରେ ଆସନ୍ତା ଜୁନ ମାସ ପ୍ରଥମାର୍ଦ୍ଧରେ ସ୍ଥାନୀୟ ଆଇ.ଟି.ଆଇ.ପଡିଆଠାରେ ପଲ୍ଲିଶ୍ରୀ ମେଳାର ଆୟୋଜନ ନିମନ୍ତେ ନିଷ୍ପତି ନିଆଯିବା ସହିତ ଏହାର ରୂପରେଖ ଉପରେ ଆଲୋକପାତ କରାଯାଇଥିଲା । ଅତିରିକ୍ତ ଜିଲ୍ଲାପାଳ ଶ୍ରୀ ନୀଲୁ ମହାପାତ୍ର, ଜିଲ୍ଲା ଗ୍ରାମ୍ୟ ଉନ୍ନୟନ ସଂସ୍ଥା ପ୍ରକଳ୍ପ ନିର୍ଦ୍ଦେଶକ ଶ୍ରୀ ରବୀନ୍ଦ୍ର କୁମାର ସାହୁ, ଉପ-ଜିଲ୍ଲାପାଳ ଶ୍ରୀ ଆଶିଷ ଇଶ୍ୱର ପାଟିଲଙ୍କ ସମେତ ବିଭିନ୍ନ ବିଭାଗୀୟ ପଦାଧିକାରୀ ଏହି ବୈଠକରେ ଉପସ୍ଥିତ ରହି ମେଳାର ବିଭିନ୍ନ କାର୍ଯ୍ୟକ୍ରମ ସମ୍ପର୍କରେ ଆଲୋଚନା କରିଥିଲେ । ଏହି ମେଳାରେ ଡିଆରଡିଏ, ଓରମାସ, ସ୍ୱୟଂ ସହାୟକ ଗୋଷ୍ଠୀ ସମେତ ବିଭିନ୍ନ ଲାଇନ ଡିପାର୍ଟମେଂଟ ଏବଂ ଘରୋଇ ସଂସ୍ଥାର ଷ୍ଟଲ ସ୍ଥାନୀତ କରାଯିବା ନିମନ୍ତେ ନିଷ୍ପତି ହୋଇଥିଲା । ଏତଦବ୍ୟତୀତ ସାଂସ୍କୃତିକ ଓ ମନୋରଂଜନ କାର୍ଯ୍ୟକ୍ରମର ଆୟୋଜନ ପାଇଁ ମଧ୍ୟ ସହମତି ପ୍ରକାଶ ପାଇଥିଲା । ବାଲେଶ୍ୱର ଜିଲ୍ଲା ସମେତ ରାଜ୍ୟର ଅନ୍ୟାନ୍ୟ ଜିଲ୍ଲା ଓ ପଡୋଶୀ ରାଜ୍ୟରୁ ବ୍ୟବସାୟିକ ସଂସ୍ଥା ଓ ସାଂସ୍କୃତିକ ଦଳକୁ ଆମନ୍ତ୍ରଣ କରିବାକୁ ଉପସ୍ଥିତ ସଦସ୍ୟମାନେ ମତ ରଖିଥିଲେ । ମେଳା ଆୟୋଜନ ନିମନ୍ତେ ବିଭିନ୍ନ କମିଟି ଗଠନ, ଆଇନଶୃଙ୍ଖଳା ଓ ଟ୍ରାଫିକ୍ ବ୍ୟବସ୍ଥାର ସୁପରିଚାଳନା, ହୋର୍ଡିଂ ଓ ଷ୍ଟଲ୍ ସ୍ଥାପନ, ପାନୀୟ ଜଳ, ଅଗ୍ନିଶମ ବ୍ୟବସ୍ଥା, ମେଳାର ପ୍ରଚାର ଓ ପ୍ରସାର, ଉଦଘାଟନୀ ଓ ଉଦଯାପନୀ ଉତ୍ସବ ଇତ୍ୟାଦି ସମ୍ପର୍କରେ ବୈଠକରେ ବିସ୍ତୃତ ଆଲୋଚନା କରାଯାଇଥିଲା । ରାଜ୍ୟ ପଂଚାୟତିରାଜ ଓ ପାନୀୟ ଜଳ ବିଭାଗ, ଓରମାସ ଓ ଜିଲ୍ଲା ପ୍ରଶାସନର ମିଳିତ ଆନୁକୂଲ୍ୟରେ ଆୟୋଜିତ ହେଉଥିବା ଏହି ମେଳାକୁ ଅଧିକ ଆକର୍ଷଣୀୟ ଓ ସଫଳ କରିବା ଲାଗି ସବୁ ସ୍ତରରେ ଉଦ୍ୟମ କରିବାକୁ ଜିଲ୍ଲାପାଳ ଶ୍ରୀ ଚକ୍ରବର୍ତୀ ପରାମର୍ଶ ଦେଇଛନ୍ତି। ବୈଠକରେ ଓରମାସ ଉପମୁଖ୍ୟ ପରିଚାଳକ ଶ୍ରୀ ଜିତେନ୍ଦ୍ର ବିଶ୍ୱାଳ ମେଳା ସମ୍ପର୍କିତ ବିଭିନ୍ନ ସୂଚନା ପ୍ରଦାନ କରିଥିଲେ ।

# ବ୍ଲକ ସ୍ତରୀୟ ମେଗା ସ୍ୱାସ୍ଥ୍ୟ ମେଳାରେ ୮୧୪ ରୋଗୀଙ୍କ ସ୍ୱାସ୍ଥ୍ୟ ପରୀକ୍ଷା



କେନ୍ଦ୍ରାପଡ଼ା (ପିଏନ୍): କେନ୍ଦ୍ରାପଡ଼ା ବ୍ଲକ ଅନ୍ତର୍ଗତ ଭାଗବତପୁର ଗ୍ରାମ ପଞ୍ଚାୟତରେ ବ୍ଲକ ସ୍ତରୀୟ ମେଗା ସ୍ୱାସ୍ଥ୍ୟମେଳା ଓ ପଲ୍ଲୀରେ ପ୍ରଶାସନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। କେନ୍ଦ୍ରାପଡା ବିଧାୟକ ଶଶିଭୂଷଣ ବେହେରା ଏଥିରେ ମୁଖ୍ୟ ଅତିଥି ଭାବେ ଯୋଗଦେଇ କାର୍ଯ୍ୟକ୍ରମକୁ ଉଦ୍‌ଘାଟନ କରିଥିଲେ। ଏହି ଅବସରରେ ବିଧାୟକ ଶ୍ରୀ ବେହେରା କହିଲେ ଯେ ଲୋକମାନଙ୍କ ହାତ ପାହାନ୍ତାରେ ଉନ୍ନତମାନର ଚିକିତ୍ସା ସେବା ଯୋଗାଇ ଦେବା ହେଉଛି ଏହି ଶିବିରର ମୁଖ୍ୟ ଉଦେଶ୍ୟ। ଡାକ୍ତରଖାନାକୁ ଯାଇ ଲେକେ ବିଭିନ୍ନ ସମୟରେ ହନ୍ତସନ୍ତ ହୁଅନ୍ତି। ଏଥିସହ ଦଲାଲଙ୍କ ହାବୁଡ଼ରେ ମଧ ପଡିଥାନ୍ତି। ହେଲେ ଏଭଳି ମେଳାରେ ଲୋକେ ବିଭିନ୍ନ ପ୍ରକାର ସ୍ୱାସ୍ଥ୍ୟସେବା ପାଇ ପାରିବା ରାଜ୍ୟ ସରକାରଙ୍କ ଆଭିମୁଖ୍ୟ ବୋଲି ବିଧାୟକ କହିଥିଲେ। ଡା. ଶ୍ରୀକାନ୍ତ ସ୍ୱାଇଁ, ଡା. ଖଗେଶ୍ୱର ନାୟକ ପ୍ରମୁଖ ଏହି ମେଗା ସ୍ୱାସ୍ଥ୍ୟ ମେଳାକୁ ପରିଚାଳନା କରିଥିଲେ। ଏଥିରେ ଭେଷଜ ବିଶେଷଜ୍ଞ, ଶିଶୁ ରୋଗ ବିଶେଷଜ୍ଞ, ଚକ୍ଷୁରୋଗ ବିଶେଷଜ୍ଞ, ସ୍ତ୍ରୀ ଓ ପ୍ରସୂ ି ରୋଗ ବିଶେଷଜ୍ଞ ପ୍ରମୁଖ ୨୫ଟି ବିଭାଗର ଡାକ୍ତରମାନେ ଯୋଗଦେଇ ରୋଗୀମାନଙ୍କ ଚିକିତ୍ସା କରିବା ସହ ସୁଚିନ୍ତିତ ପରାମର୍ଶ ଦେଇଥିଲେ। ଏହି ମେଳାରେ ୮୧୪ ଜଣ ରୋଗୀ ଚିକିତ୍ସିତ ହେବା ସହ ଆବଶ୍ୟକ ଡାକ୍ତରୀ ପରାମର୍ଶ ପାଇଥିଲେ। ଏହି ଅବସରରେ ଅନୁଷ୍ଠିତ ପଲ୍ଲୀରେ ପ୍ରଶାସନ କାର୍ଯ୍ୟକ୍ରମରେ ବିଡିଓ ବନ୍ଦନା ଖଟୁଆ, ଜିଲ୍ଲା କାର୍ଯ୍ୟକ୍ରମ ପରିଚାଳକ ଗୀତାଞ୍ଜଳି ଦାସ, ବ୍ଲକ କାର୍ଯ୍ୟକ୍ରମ ପରିଚାଳକ ମଞ୍ଜୁଶ୍ରୀ ବିଶ୍ୱାଳ ପ୍ରମୁଖ ସରକାରୀ ଅଧିକାରୀମାନେ ଯୋଗଦେଇ ଲୋକମାନଙ୍କ ବିଭିନ୍ନ ସମସ୍ୟା ଶୁଣିବା ସହ ଏହାର ପ୍ରତିକାର ବ୍ୟବସ୍ଥା କରିଥିଲେ। ଏଥିରେ ବ୍ଲକ ଅଧକ୍ଷ ରଶ୍ମିତା ସେଠୀ, ଉପାଧକ୍ଷ ପ୍ରତାପ ମହାପାତ୍ର, ଭାଗବତପୁର ସରପଞ୍ଚ ପ୍ରିୟଙ୍କା ପ୍ରିୟଦର୍ଶିନୀ ନାୟକ, ସମିତିସଭ୍ୟା ପ୍ରମିଳା ମିଶ୍ର, ପୂର୍ବତନ ବ୍ଲକ ଅଧକ୍ଷ ପ୍ରଦୀପ୍ତ ମହାନ୍ତି ପ୍ରମୁଖ ମଞ୍ଚାସୀନ ଥିଲେ। ଏହି କାର୍ଯ୍ୟକ୍ରମରେ ବିଭିନ୍ନ ବିଭାଗର ଅଧିକାରୀମାନେ ଉପସ୍ଥିତ ରହି ଲୋକମାନଙ୍କ ସମସ୍ୟା ଶୁଣିବା ସହ ପ୍ରତିକାର ବ୍ୟବସ୍ଥା ପାଇଁ ମରାମର୍ଶ ଦେଇଥିଲେ।

# ଶ୍ରୀ ସତ୍ୟସାଇ ସେବା ସମିତିରେ ଥାଲାସେମିଆ ଶିବିର ଓ ନିର୍ମଳଝରର ଉଦ୍‌ଘାଟିତ



କେନ୍ଦ୍ରାପଡ଼ା (ପିଏନ୍): ପବିତ୍ର ଅକ୍ଷୟ ତୃତୀୟା ଅବସରରେ କେନ୍ଦ୍ରାପଡା ପୌରାଞ୍ଚଳ ଅନ୍ତର୍ଗତ ମୀରପାଟଣା ଗ୍ରାମରେ ଥିବା ଶ୍ରୀ ସତ୍ୟସାଇ ସେବା ସମିତି ଓ କେନ୍ଦ୍ରାପଡା ଜିଲ୍ଲା ଶ୍ରୀ ସତ୍ୟସାଇ ସେବା ସଂଗଠନ ଆନୁକୂଲ୍ୟରେ ଥାଲାସେମିଆ ଚିକିତ୍ସା ଶିବିର ଅନୁଷ୍ଠିତ ହୋଇଯାଇଛି। ଏଥିରେ ପ୍ରଫେସର ଡା. ହେମଲତା ଦାଶ ଯୋଗଦେଇ ୬୦ଜଣ ଥାଲାସେମିଆ ରୋଗୀଙ୍କ ଚିକିତ୍ସା କରିଥିଲେ। ଏଥିସହିତ ୩୭ଜଣ ଥାଲାସେମିଆ ରୋଗୀଙ୍କ ଅଲଟ୍ରାସାଉଣ୍ଡ ମଧ କରାଯାଇଥିଲା। ଶ୍ରୀ ସତ୍ୟସାଇ ସଂଗଠନ ଓଡିଶା, ଭୁବନେଶ୍ୱର ଏବଂ ଶ୍ରୀ ସତ୍ୟସାଇ ସେବା ସଂଗଠନ କେନ୍ଦ୍ରାପଡା ଜିଲ୍ଲାର ମିଳିତ ଆନୁକୂଲ୍ୟରେ ଅପରାହ୍ନରେ ଗୋପଛକସ୍ଥିତ ବିଶ୍ୱାଳ କମ୍ପ୍ଲେକ୍ସ ପରିସରରେ ଶ୍ରୀ ସତ୍ୟସାଇ ନିର୍ମଳଝର(ଶୀତଳ ସ୍ୱଚ୍ଛ ପାନୀୟ ଜଳ)ର ଲୋକାର୍ପଣ କରାଯାଇଥିଲା। ଶ୍ରୀ ସତ୍ୟସାଇଙ୍କ ପୂଜନ, ଭଜନ ଓ ବେଦପାଠ ପରେ ନାରିକେଳ ବାଡାଯାଇ ଏହି ପବିତ୍ର ପ୍ରକଳ୍ପକୁ ଲୋକାର୍ପଣ କରିଥିଲେ ପୂଜ୍ୟ ଜଗଦୀଶ ଚନ୍ନା ଓ ଭଉଣୀ ପୂଜ୍ୟା ମୀନାକୁମାରୀ ଚନ୍ନା। ରଜନୀକାନ୍ତ ଦାସ, ପ୍ର. ହିମାଂଶୁ ପରିଡା, ବ୍ରଜ କିଶୋର ବିଶ୍ୱାଳ, ରାମଚନ୍ଦ୍ର ସ୍ୱାଇଁ, ଜିଲ୍ଲା ସଭାପତି ରାଧାକୃଷ୍ଣ ସାହୁ ପ୍ରମୁଖ ଏହି କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିଲେ। ଅନ୍ୟମାନଙ୍କ ମଧରେ ବିଷ୍ଣୁ ଚରଣ ସାମଲ, ପ୍ରବୋଧ ପଣ୍ଡା, ପ୍ରବୋଧ ରାୟ, କାବେରୀ ଆଚାର୍ଯ୍ୟଙ୍କ ସମେତ ବହୁ ସାଇ ଶ୍ରଦ୍ଧାଳୁମାନେ ଉପସ୍ଥିତ ଥିଲେ। ଆବାହକ ନୃସିଂହ ଚରଣ ତ୍ରିପାଠୀ ଏହି କ୍ରାର୍ଯ୍ୟକ୍ରମର ସଂଯୋଜନା କରିଥିଲେ।

# ମାନବ ସେବା ହିଁ ମାଧବ ସେବାର ବାର୍ତା ଦେଲେ ଅହମଦୀୟା ଯୁବ ସଂଗଠନ

ଖୋର୍ଦ୍ଧା (ପିଏନ୍): ୧୩/୫ ଅହମଦୀୟା ମୁସଲିମ ଯୁବସଂଗଠନ ପକ୍ଷରୁ ଖୋର୍ଦ୍ଧା ସହର ୱାର୍ଡ଼ ନଂ ୧୦ ଶାନ୍ତିଦାନ କଲୋନୀର ଗୋପବନ୍ଧୁ କୁଷ୍ଠାଶ୍ରମରେ ୨୫ ପରିବାରଙ୍କ ମଧରେ ଆବଶ୍ୟକୀୟ ବସ୍ତ୍ର ବଂଟନ କରାଯାଇଛି। କରୋନା କାଳ ଗରିବ ଲୋକମାନଙ୍କ ଆର୍ଥିକ ପରିସ୍ଥିତିକୁ ସମ୍ପୂର୍ଣ୍ଣ ରୂପେ ଭାଙ୍ଗି ଦେଇଛି। ପୂର୍ବଭଳି ଆଉ କାମଧନ୍ଦା ନାହିଁ ଏବଂ ରୋଜଗାରର କୌଣସି ସାଧନ ନାହିଁ। ଯାହାଫଳରେ ବହୁ ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ସରକାରୀ ଭତା ମିଳି ପାରୁଥିଲେ ମଧ ମାସଯାକ ପାଇଁ ଯଥେଷ୍ଟ ନୁହେଁ। ଅହମଦୀୟା ମୁସଲିମ ଯୁବସଂଗଠନ ଏପରି ଗରିବ ଦୀନ ଦରିଦ୍ର ଲୋକଙ୍କ ସେବାକୁ ହିଁ ମାଧବ ସେବା ବୋଲି ବିଶ୍ୱାସ କରି ମାନବ କଲ୍ୟାଣକାରୀ ସେବା କାର୍ଯ୍ୟ କରି ଆସୁଛି। ଏହି କାର୍ଯ୍ୟକ୍ରମରେ ଅହମଦୀୟା ମୁସଲିମ ଯୁବସଂଗଠନର ଜିଲ୍ଲା ସଭାପତି ତବରେଜ ଅହମଦ ମୁଖ୍ୟ ଅତିଥି ଭାବେ ଯୋଗଦେଇଥିବା ବେଳେ ଖୋର୍ଦ୍ଧା ଅହମଦୀୟା ମୁସଲିମ ଯୁବସଂଗଠନ କେରଙ୍ଗର ପୂର୍ବ ସଭାପତି ସେକ ହବିବ, ଉସମାନ ଖାଁ ଏବଂ ଓସିମ ଖାଁ ଯୋଗ ଦେଇଥିଲେ। ପ୍ରକାଶ ଥାଉ କି ଅହମଦୀୟା ମୁସଲିମ ସଂଗଠନ ସମଗ୍ର ଦେଶରେ ହଜାର ହଜାର ସଂଖ୍ୟାରେ ଗରିବ ଲୋକମାନଙ୍କୁ ସାହାଯ୍ୟ ଓ ସହଯୋଗ କରି ଆସୁଛି। ଆଗକୁ ଏହିଭଳି ଆହୁରୀ କାର୍ଯ୍ୟକ୍ରମ ରହିଛି ବୋଲି ଯୁବସଂଗଠନର ଜିଲ୍ଲା ସଭାପତି ତବରେଜ ଅହମଦ ସୂଚନା ଦେଇଛନ୍ତି।

## ଭୋଗରାଇରେ ସ୍ୱାସ୍ଥ୍ୟମେଳା



ବାଲେଶ୍ୱର (ପିଏନ୍)-ଭୋଗରାଇ ବ୍ଲକ ଜଳେଶ୍ୱରପୁର ଗୋଷ୍ଠୀ ସ୍ୱାସ୍ଥ୍ୟ ଅଧିନରେ ଜଳେଶ୍ୱରପୁର ହାଇସ୍କୁଲ ଠାରେ ଏକ ସ୍ୱାସ୍ଥ୍ୟ ସେବା ମେଳା ଅନୁଷ୍ଠିତ ହୋଇଯାଇଛି। ଏହାକୁ ବାଲେଶ୍ୱର ସାଂସଦ ଶ୍ରୀଯୁକ୍ତ ପ୍ରତାପ ଚନ୍ଦ୍ର ଷଡ଼ଙ୍ଗୀ ନଡ଼ିଆ ଫଟାଇ ଫିତା କାଟି ଶୁଭାରମ୍ଭ କରିଥିଲେ। ଡାକ୍ତର ଏବଂ ରୋଗୀ ମାନଙ୍କ ସହିତ ରୋଗୀ ସେବା ବିଷୟରେ ଆଲୋଚନା କରିଥିଲେ। ଏକ ସାଧାରଣ ସଭାରେ ଉଦ୍‌ବୋଧନ ଦେଇ ଆୟୁଷ୍ମାନ ଭାରତ ଗୋଷ୍ଠୀ ସ୍ତରୀୟ ସ୍ୱାସ୍ଥ୍ୟ ଉଦ୍ଦେଶ୍ୟ କ'ଣ ବୁଝାଇଥିଲେ। ଉକ୍ତ ସ୍ୱାସ୍ଥ୍ୟ ମେଳାକୁ ଜିଲ୍ଲା ମୁଖ୍ୟ ଚିକିତ୍ସା ଅଧିକାରୀ ଡାକ୍ତର ଦୁଲାଲ ସେନ୍ ଜଗଦେବ୍, ଜିଲ୍ଲା ଜନସ୍ୱାସ୍ଥ୍ୟ ଅଧିକାରୀ ଡାକ୍ତର ମୃତ୍ୟୁଞ୍ଜୟ ମିଶ୍ର, ଜିଲ୍ଲା ପ୍ରକଳ୍ପ ମ୍ୟାନେଜର ଅନୀଲ କୁମାର ମହାନ୍ତି, ଜିଲ୍ଲା ଜନସ୍ୱାସ୍ଥ୍ୟ ସୂଚନା ଅଧିକାରୀ ଶ୍ରୀ ରମଣିକାନ୍ତ ଭଞ୍ଜ, ଜଳେଶ୍ୱରପୁରର ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରର ମେଡ଼ିକାଲ ଅଫିସର ଓ କର୍ମକ ୀ ଉପସ୍ଥିତ ରହି ସ୍ୱାସ୍ଥ୍ୟ ମେଳାକୁ ସୁପରିଚାଳନା କରିଥିଲେ। ଏହି ସାଧାରଣ ସଭାରେ ବ୍ଲକ ସ୍ତରୀୟ ଗୋଷ୍ଠୀ ଉନ୍ନୟନ ଅଧିକାରୀ ଶ୍ରୀ ଶଂକର ପଟ୍ଟନାୟକ, ତହସିଲଦାର କମଳାକାନ୍ତ ପଣ୍ଡା, ବ୍ଲକ ଅଧକ୍ଷ ଶ୍ରୀଯୁକ୍ତ କବୀର ଗିରି, ଉପାଧକ୍ଷା ଶ୍ରୀମତୀ ମିନାରାଣୀ ସାମଲ, ଜିଲ୍ଲା ପରିଷଦ ସଭ୍ୟ ଶ୍ରୀ ସନ୍ତୋଷ କୁମାର ଜେନା ପ୍ରମୁଖ ଉପସ୍ଥିତ ରହି ସ୍ୱାସ୍ଥ୍ୟମେଳାର ଆଭିମୁଖ୍ୟ କ'ଣ ସେ ସମ୍ପର୍କରେ ଲୋକ ମାନଙ୍କୁ ସଚେତନ କରାଇଥିଲେ। ଏହି ମେଳାରେ ଡାକ୍ତରଙ୍କ ଦ୍ୱାରା ୮୦ ଜଣ ରୋଗୀଙ୍କୁ ସେବା ପ୍ରଦାନ କରାଯିବା ସହିତ ଲୋକମାନଙ୍କୁ ସ୍ୱାସ୍ଥ୍ୟ ସଚେତନତା ଶିକ୍ଷା ପ୍ରଦାନ କରାଯାଇଥିଲା।

# ଡ୍ରାଇଭିଂ ଲାଇସେନ୍ସ ବ୍ୟବସ୍ଥାରେ ସଂସ୍କାର

ଓଡ଼ିଶା ସରକାର ସର୍ବଶେଷ ସୂଚନା ପ୍ରଯୁକ୍ତି ଓ ସାମାଜିକ ଗଣମାଧ୍ୟମର ବ୍ୟବହାର କରି ଡ୍ରାଇଭିଂ ଲାଇସେନ୍ସ ବ୍ୟବସ୍ଥାରେ ନୂଆ ପ୍ରକାର ବ୍ୟବସ୍ଥା ଆପଣାଉଛନ୍ତି। ଦିନକୁ ଦିନ ଲୋକମାନେ ସୋସିଆଲ ମିଡ଼ିଆ ସହିତ ଅତ୍ୟନ୍ତ ସକ୍ରିୟ ରହୁଛନ୍ତି ଓ ହାତପାହାନ୍ତାରେ ଥିବା ମୋଇବାଲ ମାନଙ୍କରେ ସରକାରଙ୍କ ପ୍ରଦତ୍ତ ସର୍ବଶେଷ ତଥ୍ୟ ଓ ସଚେତନତା ଜାଣି ପାରୁଛନ୍ତି। ତେବେ ଏହା ଭିତରେ ଏକ ବଡ଼କଥା ହେଉଛି, ଡ୍ରାଇଭିଂ ଲାଇସେନ୍ସ ପ୍ରଦାନ ଲାଗି ପ୍ରଚଳିତ ବ୍ୟବସ୍ଥାରେ ସଂସ୍କାର ଅଣାଯାଇଛି। ଡ୍ରାଇଭିଂ ଲାଇସେନ୍ସ ପ୍ରଦାନ କ୍ଷେତ୍ରରେ ଥିବା ମାନୁଆଲ ବ୍ୟବସ୍ଥା ବଦଳରେ ଡିଜିଟାଲ ବା କମ୍ପ୍ୟୁଟରୀକରଣ କରାଯାଉଛି। ଏଥିଲାଗି ଅଟୋମେଟିକ ବା ସ୍ୱୟଂ ଚାଳିତ ଡ୍ରାଇଭିଂ ଟେଷ୍ଟିଂ ସିଷ୍ଟମ ବ୍ୟବସ୍ଥାର ପ୍ରଚଳନ ହେଉଛି। ପ୍ରାଥମିକ ପର୍ଯ୍ୟାୟରେ ୧୯ଟି ଆରଟିଓରେ ଏହି ନୂତନ ବ୍ୟବସ୍ଥା କାର୍ଯ୍ୟକାରୀ ହେବ। ଏଥିଲାଗି ଅତ୍ୟାଧୁନିକ ଡ୍ରାଇଭିଂ ପରୀକ୍ଷଣ ଟ୍ରାକ ସ୍ଥାପନ କରାଯାଉଛି।

ସୂଚନାଯୋଗ୍ୟ ଯେ ଡ୍ରାଇଭିଂ ଲାଇସେନ୍ସ ପାଇବାକୁ ହେଲେ ପ୍ରତ୍ୟେକଙ୍କୁ ଡ୍ରାଇଭିଂ ସ୍କିଲ ଟେଷ୍ଟ ଦେବାକୁ ପଡ଼ିଥାଏ। ପ୍ରଚଳିତ ବ୍ୟବସ୍ଥା ଅନୁଯାୟୀ ଜଣେ ମୋଟର ଯାନ ଇନ୍ସପେକ୍ଟରଙ୍କ ଉପସ୍ଥିତିରେ ଏହି ପରୀକ୍ଷା ଦେବାକୁ ପଡୁଛି। ପରୀକ୍ଷା ଶେଷରେ ଏହି ଅଧିକାରୀ ନିଷ୍ପତ୍ତି ନିଅନ୍ତି ଯେ ଆପଣଙ୍କର ଡ୍ରାଇଭିଂ କରିବାର କ୍ଷମତା ଅଛି କି ନାହିଁ। ଏହି ପ୍ରଚଳିତ ବ୍ୟବସ୍ଥା ଶୀଘ୍ର ଇତିହାସ ହେବାକୁ ଯାଉଛି। ଏବେ ଡ୍ରାଇଭିଂ ଦକ୍ଷତା ବିଷୟରେ ନିଷ୍ପତ୍ତି କ୍ୟାମେରା, ସେନ୍ସର ଏବଂ କମ୍ପ୍ୟୁଟର ଉପରେ ନ୍ୟସ୍ତ କରାଯିବ। ଏଥିଲାଗି ରାଜ୍ୟ ପରିବହନ ବିଭାଗ ପକ୍ଷରୁ ଡ୍ରାଇଭିଂ ଟେଷ୍ଟ ସିଷ୍ଟମକୁ ଅପଗ୍ରେଡ଼ କରାଯାଉଛି।

ନୂତନ ବ୍ୟବସ୍ଥାରେ କେବଳ ଆବେଦନକାରୀଙ୍କ କେବଳ ଡ୍ରାଇଭିଂ ଦକ୍ଷତା ଯାଞ୍ଚ ହେବନାହିଁ ବରଂ ଲାଇସେନ୍ସ ପ୍ରଦାନ କରିବାକ ସମୟରେ ସ୍ୱଚ୍ଛତାକୁ ମଧ ସୁନିଶ୍ଚିତ କରାଯିବ। ପ୍ରଥମ ପର୍ଯ୍ୟାୟରେ ରାଜ୍ୟର ୧୯ଟି ଆରଟିଓରେ ଡ୍ରାଇଭିଂ ପରୀକ୍ଷଣ ଟ୍ରାକରେ ଏଡିଟିଏସ ସ୍ଥାପନ କରାଯିବ। ଭିଡ଼ିଓ ଆନାଲିଟିକ୍ସ ଟେକ୍ନୋଲୋଜି ଏବଂ କ୍ୟାମେରା ଏବଂ ସେନ୍ସରର ବ୍ୟବହାର କରି ଏହି ସିଷ୍ଟମ ଏକ ଅତ୍ୟାଧୁନିକ ସେଟଅପ ପ୍ରଦର୍ଶିତ ହେବ। ଯାନଗୁଡ଼ିକର ପ୍ରବେଶ ଠାରୁ ଆରମ୍ଭ କରି ଏହାର ଯାଞ୍ଚ ସବୁକିଛି ଡିଜିଟାଲ ପଦ୍ଧତିରେ ସୁନିଶ୍ଚିତ କରାଯିବ। ଟ୍ରାକରେ ଫିଟ ହୋଇଥିବା ଡିଜିଟାଲ ଟେଷ୍ଟିଂ ସେନ୍ସରଗୁଡ଼ିକ ଏହା ଉପରେ ନଜର ରଖିବ ଏବଂ ଆବେଦନକାରୀଙ୍କ ସମ୍ପର୍କରେ ଚୂଡ଼ାନ୍ତ ନିଷ୍ପତ୍ତି ନେବ। ଏକାଧିକ ହୋଇ ଡେଫିନେସନ କ୍ୟାମେରା ସହିତ ବୈଜ୍ଞାନିକ ପଦ୍ଧତିରେ ପରିକଳ୍ପିତ ସିଷ୍ଟମକୁ ଆବେଦନକାରୀଙ୍କ ଡ୍ରାଇଭିଂ ଦକ୍ଷତାର ମୂଲ୍ୟାଙ୍କନ କରିବାକୁ ସଜାଗ ରଖାଯିବ। ଟ୍ରାକ ଗୁଡ଼ିକ ସେନ୍ସର ସହିତ ଲାଇନ ହେବ, ପରୀକ୍ଷଣ ସମୟରେ ସେନ୍ସରକୁ ମାରିବା ଦ୍ୱାରା ମାର୍କ ନଷ୍ଟ ହେବ।

ଆବେଦନକାରୀଙ୍କ ଦକ୍ଷତା ପରୀକ୍ଷା ସିଟ ବେଲ୍ଟ, ପାଥ ପରିବର୍ତ୍ତନ, ଗାଡ଼ି ଚାଳନା, ଷ୍ଟପ ଲାଇନ, ଅପ ଗ୍ରେଡିଏଣ୍ଟ, ଫରୱାର୍ଡ଼-୮, ରିଭର୍ସ ଏସ ଏବଂ ଟ୍ରାଫିକ ଜଙ୍କସନ ପରି ପାରାମିଟର ଉପରେ ବିଚାର କରାଯିବ। ସେଠାରେ ଏକ ଏଲଇଡି ଟେଲିଭିଜନ ସହିତ ସଜ୍ଜିତ ହେବ ଯାହା କ୍ରମାଗତ ଭାବରେ ପାସ ଖେଳିବ ଏବଂ ଏଲଏମଭି ଏବଂ ମୋଟର ସାଇକେଲ ଲାଗି ଭିଡ଼ିଓ ବିଫଳ ହେବ। ପରୀକ୍ଷା ସମୟରେ ଯଥାଶୀଘ୍ର ଆବେଦନକାରୀଙ୍କ ପରୀକ୍ଷା ଫଳାଫଳ ପାସ କିମ୍ବା ଫେଲ ପ୍ରଦର୍ଶନ କରିବାକୁ ପ୍ରତ୍ୟେକ ଭେରିଏବଲ ମେସେଜିଂ ସମସ୍ତ ପରୀକ୍ଷା ଟ୍ରାକରେ ରଖାଯିବ। ୧୦ ସେକେଣ୍ଡ ମଧରେ ଫଳାଫଳ ଜଣାପଡ଼ିବ। ସମ୍ପୃକ୍ତ ପରୀକ୍ଷଣ ସମାପ୍ତ ହେବା ପରେ, ସ୍ମାର୍ଟ ଫୋନରେ ପାସ ବା ଫେଲର ବାର୍ତ୍ତା ପ୍ରଦର୍ଶିତ ହେବ। ଡ୍ରାଇଭିଂ ଲାଇସେନ୍ସ ପାଇବାକୁ ଚାହୁଁଥିବା ପ୍ରାର୍ଥୀଙ୍କ ଦକ୍ଷ ଏବଂ ସ୍ୱଚ୍ଛ ପରୀକ୍ଷଣ ପାଇଁ ଉନ୍ନତ ପ୍ରଶିକ୍ଷଣ ପଦ୍ଧତି ରାଜ୍ୟରେ ସଡ଼କ ଦୁର୍ଘଟଣା ହ୍ରାସ କରିବାରେ ସହାୟକ ହେବ ଓ ସମଗ୍ର ପ୍ରକ୍ରିୟା ସଠିକତାକୁ ସୁନିଶ୍ଚିତ କରିବ।

# ଲାୟନ୍ସ କ୍ଲବର ସଭ୍ୟମାନଙ୍କ ଶାନ୍ତି ଶୋଭାଯାତ୍ରା ଓ ନୂତନ କର୍ମକ ୀ ଚୟନ




ଭୁବନେଶ୍ୱର (ପିଏନ୍): ଲାୟନ୍ସ କ୍ଲବ ଜିଲ୍ଲା ୩୨୨ସି୪ର ନବମ ବାର୍ଷିକ ସମ୍ମିଳିନୀ ହୋଟେଲ ଏକ୍ସଲେନ୍ସିଠାରେ ଅନୁଷ୍ଠିତ ହୋଇଯାଇଛି। ସକାଳ ୬.୩୦ ମିନିଟ୍ ସମୟରେ ଭୁବନେଶ୍ୱରଠାରୁ ନବରଙ୍ଗପୁର ପର୍ଯ୍ୟନ୍ତ ୪୫ଟି କ୍ଲବର ୧୫୦୦ ଲାୟନ ସଭ୍ୟମାନେ ଏକ ଶାନ୍ତି ପଦଯାତ୍ରା କରି ଭୁବନେଶ୍ୱର ଇନ୍ଦିରା ପାର୍କଠାରୁ ମାଷ୍ଟର କ୍ୟା ିନ ଛକ ପର୍ଯ୍ୟନ୍ତ ସେମାନଙ୍କ କ୍ଲବର ବିଭିନ୍ନ ସେବାମୂଳକ କାର୍ଯ୍ୟର ପ୍ଲାକାର୍ଡ଼ ଧରି ପହଞ୍ଚିଥିଲେ। ଜିଲ୍ଲା ଗଭର୍ଣ୍ଣର ଲାୟନ ଇଂ ପୂର୍ଣ୍ଣଚନ୍ଦ୍ର ପାଢୀ ଜାତୀୟ ପତାକା ଏବଂ ଲାୟନ୍ସ ପତାକା ଉତ ୋଳନ କରିଥିଲେ। ଏହି ପଦଯାତ୍ରାରେ ଲାୟନ୍ସ କ୍ଲବ ଭୁବନେଶ୍ୱର ନୟାପଲ୍ଲୀର ସଭ୍ୟମାନଙ୍କର ଶୃଙ୍ଖଳା, ସୁନ୍ଦର ସମପୋଷକ, ପ୍ଲାକାର୍ଡ଼ ଏବଂ ବହୁ ସଂଖ୍ୟକ ସଭ୍ୟ ଯୋଗଦାନ ଯୋଗୁ ପ୍ରଥମ ପୁରସ୍କୃତ ହୋଇଥିଲେ। ଏହି ଅବସରରେ ଆସନ୍ତା ବର୍ଷ ନିମନ୍ତେ ଲାୟନ ଇଂ ସୁରେଶ ଚନ୍ଦ୍ର ନାୟକ ନୂତନ ଜିଲ୍ଲା ଗଭର୍ଣ୍ଣର, ଲାୟନ କୋଟେଶ୍ୱର ରାଓ ପ୍ରଥମ ଉପଜିଲ୍ଲା ଗଭର୍ଣ୍ଣର, ଲାୟନ ସରସ୍ୱତୀ ପାତ୍ର ଦ୍ୱିତୀୟ ଉପଜିଲ୍ଲା ଗଭର୍ଣ୍ଣର ନିଯୁକ୍ତ ହୋଇଛନ୍ତି। ଏଥିସହ ଲାୟନ ଜିଲ୍ଲା ନୂତନ ମନ୍ତ୍ରୀମଣ୍ଡଳୀଙ୍କ ନାମ ଘୋଷଣା କରାଯାଇଛି। ନୂତନ ଜିଲ୍ଲା ସେକ୍ରେଟାରୀ ଭାବେ ଲାୟନ ଅଜୟ ମହାନ୍ତି, କୋଷାଧକ୍ଷ ଭାବେ ଲାୟନ ଲଳିତେନ୍ଦୁ ଶତପଥୀ, ଜନସମ୍ପର୍କ ଅଧିକାରୀ ଭାବେ ଲାୟନ ଖଲିଦ ପରଭେଜ ଖାଁ ମନୋନୀତି ହୋଇଛନ୍ତି।

# କଟକ-ଚାନ୍ଦବାଲି ରାସ୍ତାରେ ବାଲିଗଦା ଯୋଗୁଁ ଘଟୁଛି ଦୁର୍ଘଟଣା



କେନ୍ଦ୍ରାପଡ଼ା (ପିଏନ୍): କଟକ-ଚାନ୍ଦବାଲି ରାସ୍ତାରେ ବାଲି ଗଦା ଯୋଗୁଁ ଦୈନିକ ଛୋଟ ବଡ ଦୁର୍ଘଟଣାମାନ ଘଟୁଥିଲେ ମଧ ପ୍ରଶାସନ ଏ ଦିଗରେ ଆବଶ୍ୟକ ପଦକ୍ଷେପ ନେଉନାହିଁ । ଗୃହ ନିର୍ମାଣ ପାଇଁ ବ୍ୟକ୍ତିବିଶେଷମାନେ ମୁଖ୍ୟ ରାସ୍ତା ଉପରେ ବାଲିଗୋଡି ଆଦି ଗଦା କରି ରଖୁଛନ୍ତି । ଫଳରେ ସେହି ରାସ୍ତା ଦେଇ ଯାଉଥିବା ଦୃତଗାମୀ ଗାଡି ଗୁଡିକ ସହିତ ପଥଚାରୀମାନେ ଦୁର୍ଘଟଣାର ସମ୍ମୁଖୀନ ହେଉଛନ୍ତି । ନିକଟରେ ଏଭଳି ଏକ ଘଟଣା ଦେଖିବାକୁ ମିଳିଛି କଲେଜ ଛକ ନିକଟରେ ଥିବା ଏକ ପେଟ୍ରୋଲ ଟାଙ୍କି ନିକଟରେ । କଟକ ଗମାନଡିଆ ଗ୍ରାମର ସେକ ଇବ୍ରାହିମ ଓ ହାଜି ଇଜାଜ ନାମକ ଦୁଇ ଜଣ ବ୍ୟକ୍ତି ଏକ ବାଇକ ଯୋଗେ ଯାଉଥିବା ବେଳେ ସେହି ପେଟ୍ରୋଲ ଟାଙ୍କି ନିକଟରେ ଗଦା ହୋଇଥିବା ବାଲି ରାସ୍ତା ଉପରକୁ ମାଡି ଆସିଥିବାରୁ ଟାଙ୍କିରୁ ତେଲ ପକାଇ ଏକ ବୋଲେରୋ (ନଂ-ଓଡି-୨୯-ଏଫ୍-୧୮୮୮) ବାଇକ ଆରୋହୀଙ୍କୁ ଧକ୍କା ଦେଇଥିଲା । ଫଳରେ ବାଇକରେ ବସିଥିବା ଦୁଇ ଜଣ ବ୍ୟକ୍ତି ଗୁରୁତର ଆହତ ହୋଇଥିଲେ। ତାଙ୍କୁ ସ୍ଥାନୀୟ ଲୋକେ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଭ ର୍ତ୍ତି କରିଥିଲେ। ରାସ୍ତାରେ ଜମା ହୋଇଥିବା ବାଲି ଯୋଗୁ ବୋଲେରୋଟି ଡିଭାଇଡରରେ ପିଟି ହୋଇଯିବା ଯୋଗୁ ବୋଲେରୋର ଆଗ ଚକାଟି ଫାଟିଯାଇଥିଲା। ଦୈନିକ ଏହିଭଳି ଦୁର୍ଘଟଣା ଘଟୁଥିଲେ ମଧ ପ୍ରଶାସନ ଏଥିପ୍ରତି ଦୃଷ୍ଟି ନ ଦେବା ଏବଂ ରାସ୍ତା ଉପରେ ବାଲିଗୋଡି ଗଦା କରୁଥିବା ଲୋକଙ୍କ ଉପରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ ହେଉନଥିବାରୁ ଏଭଳି ଘଟଣା ଘଟୁଥିବା ଅଭିଯୋଗ ହୋଇଛି।

# ଅମରେଶ୍ୱରୀ ବିଶ୍ୱଶାନ୍ତି ମହାଯଜ୍ଞ ଉଦ୍‌ଯାପିତ

ଧର୍ମଶାଳା (ପିଏନ୍): ଧର୍ମଶାଳା ବ୍ଲକ ଜାରକା ପଞ୍ଚାୟତ ଉତର ଶାସନ ଗ୍ରାମରେ ବିଷୁବ ସଂକ୍ରାନ୍ତଠାରୁ ଆରମ୍ଭ ହୋଇଥିବା ମା' ଅମରେଶ୍ୱରୀଙ୍କ ବିଶ୍ୱଶାନ୍ତି ମହାଯଜ୍ଞ ଉଦ୍‌ଯାପିତ ହୋଇଯାଇଛି । ପ୍ରଥମ ଦିବସରେ ମା'ଙ୍କ ଯଥାବିଧି ପୂଜାର୍ଚ୍ଚନା, ଅଙ୍କୁରାରୋପଣ, କଳସଯାତ୍ରା, ସୂର୍ଯ୍ୟପୂଜା, ଗୋପୂଜା, ଗୀତାପାଠ, ଚଣ୍ଡିପାଠ, ହନୁମାନ ପୂଜା, ଯଜ୍ଞାରମ୍ଭ, ଆହୂତି, ଭୋଗଲାଗି ଆଦି ରୀତିନୀତି ସଂପନ୍ନ ହୋଇଥିଲା । ଦ୍ୱିତୀୟ ଦିବସରେ ମା'ଙ୍କ ଷୋଡଶ



ଉପଚାର ପୂଜା, ଗୀତାଯଜ୍ଞ ସମେତ ଯଜ୍ଞକର୍ମ ଅନୁଷ୍ଠିତ ହୋଇଥିଲା । ଶେଷ ଦିବସରେ ଯଜ୍ଞଦେବତାଙ୍କ ନଗର ପରିକ୍ରମା, ପୂଜାର୍ଚ୍ଚନା ଓ ରାତିରେ ଯଜ୍ଞରେ ପୂର୍ଣ୍ଣାହୂତି ଦିଆଯାଇଛି । ପୂଜକ ପ୍ରମୋଦ ପାଢୀ ଓ ସହଯୋଗୀମାନେ ଯଜ୍ଞକର୍ମ ସମ୍ପାଦିତ କରିଥିବା ବେଳେ ମନ୍ଦିର ପୂଜକ ଭାସ୍କର ଶତପଥୀ, ପ୍ରଫୁଲ୍ଲ କୁମାର ଦାଶ, ପ୍ରଭାତ ପାଣିଗ୍ରାହୀ, ତ୍ରିୟମ୍ବକ ରଥ, ଅଶୋକ ଆଚାର୍ଯ୍ୟ, ପ୍ରଦୀପ୍ତ ଦାଶ, ନାରାୟଣ ଓଝା, ଉମେଶ ବାରିକ, ନାରାୟଣ ସାହୁ, ଅମରେନ୍ଦ୍ର ରାଉତ, ପ୍ରତାପ କୁମାର ପ୍ରଧାନ, ଚିନ୍ମୟ ସାହୁ ପ୍ରମୁଖ ଏଥିରେ ସହାୟତା କରିଥିଲେ । ପ୍ରତ୍ୟେହ ସଂଧ୍ୟାରେ ଭଜନ ସମାରୋହ ଓ ପ୍ରବଚନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା । ଜିଲ୍ଲା ପରିଷଦ ସଭ୍ୟ ଜଳଧର ମହାନ୍ତି, ସରପଂଚ ସୁଦାମ ଚରଣ ବେହେରା, ପୂର୍ବତନ ସରପଂଚ ବିଭୂତିଭୂଷଣ ପାଣିଗ୍ରାହୀ, ସଂଗଠକ କାଳନ୍ଦୀ ସାହୁଙ୍କ ସମେତ ସ୍ଥାନୀୟ ଅଂଚଳର ହଜାର ହଜାର ଶ୍ରଦ୍ଧାଳୁ ମା'ଙ୍କ ଦର୍ଶନ କରି କୃପାଲାଭ କରିଥିଲେ । ଉତର ଶାସନ, ଦୁବଗଡିଆ, ନାଉପାଳ ଓ ଉତର ଶାସନ(ଖ) ଗ୍ରାମବାସୀ ସମସ୍ତ କାର୍ଯ୍ୟକ୍ରମରେ ସହଯୋଗ କରିଥିଲେ ।


## DISPLAY CLASSIFIED

FOR ADVERTISEMENT CONTACT
Phone No. (0674) 2555116/9853400829
Fax: (0674) 2550504
E-mail : paryabekhyak@gmail.com
editorpbkc@gmail.com

TARIFF: 10 c.m.x 4cm: Rs. 8,000/- (One Month)
10c.m.x 4cm: Rs. 350/- (One day)
5c.m.x 4cm: Rs. 5,000/- (One Month)
5c.m.x 4cm: Rs. 200/- (One day)

VED BHAWAN
Creating Peace, Progress & Prosperity
For all Vedic Performances like Rudravishek, Mahalaxmi Pujan, Grahashanti Anusthan, Chandipatha, Vishnu Sahasranama Patha, Birthday Celebration, Griha Prabesh, Vastu Pujan, Bhumi Pujan, Astrological Consultation & Prediction etc.
DO YOU NEED PUNDITS / ASTROLOGERS / VASTU EXPERTS ?
Contact :
Near Mukteswar Temple, Sarbodaya Nagar, Puri.
N-3, B-14/15, MPS Campus, Nayapalli, Bhubaneswar
Ph. 0674-2550786, Fax : 0674-2550504
Email.: yagyaanusthan@sify.com

ADMISSION ON
MPS PLAY HOME
Where awareness nurtured, innocence blossoms.
For
PRE-NURSERY, NURSERY, L.K.G. & U.K.G.
N-3B-14/15, Ekamra Kanan Road, Nayapalli, BBSR
Tel : (0674) 2556225, 2558884, Fax : 2550504
Email : maharishipublicschool@yahoo.com
Web : www.maharishipublicschool.com

Praggyan Communication

Mahaditya Publication

ADMISSION ON
MAHARISHI PUBLIC SCHOOL
your gateway to complete education
For
PRE-NURSERY, NURSERY, L.K.G., U.K.G., Std-1 to Std-VIII
Baghra Road, Baripada
Tel-06792-255227
Email : maharishipublicschool@yahoo.com
Web : www.maharishipublicschool.com

ଖେଳ
ପର୍ଯ୍ୟବେକ୍ଷକ
ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବରକାଗଜ
୨୬ ବର୍ଷରେ
Bhubaneswar Wednesday July 17 2024 ଭୁବନେଶ୍ୱର ବୁଧବାର, ଜୁଲାଇ ୧୭,୨୦୨୪ Daily Edition : R.N.I.No: ODIODI /1999/00717 Postal Regd. No: BN/57/18-20 www.paryabekhyak.com


# ଦିଲ୍ଲୀ ହାଉଜଖାସ ଜଗନ୍ନାଥ ମନ୍ଦିରରେ ବାହୁଡ଼ା ଯାତ୍ରା ସମ୍ପନ୍ନ



ନୂଆଦିଲ୍ଲୀ, (ପି.ଏନ):ନୂଆଦିଲ୍ଲୀର ହାଉଜଖାସସ୍ଥିତ ଜାତୀୟ ରାଜଧାନୀ କ୍ଷେତ୍ରର ପ୍ରମୁଖ ଜଗନ୍ନାଥ ମନ୍ଦିରଠାରେ ୪୬ତମ ପବିତ୍ର ବାହୁଡ଼ା ଯାତ୍ରା ପର୍ବ ଆଧ୍ୟାତ୍ମିକ ଉତ୍ସାହ ଓ ଭକ୍ତିପୂତ ପରିବେଶ ମଧ୍ୟରେ ଅନୁଷ୍ଠିତ ହୋଇଯାଇଛି। ଏହି ମହୋତ୍ସବ ଉପଲକ୍ଷେ ବଡ଼ି ଭୋରରୁ ମୁଖ୍ୟ ମନ୍ଦିରର ବେସମେଣ୍ଟସ୍ଥିତ ଶ୍ରୀ ଗୁଣ୍ଡିଚା ମନ୍ଦିରର ଆଡ଼ପ ମଣ୍ଡପରେ ବିରାଜମାନ କରୁଥିବା ଚାରି ଦୀଅଁ ମାନଙ୍କ ସାମ୍ନାରେ ପୂଜାର୍ଚ୍ଚନା ଓ ନୀତିକାନ୍ତି ଧାର୍ମିକ ବିଧି ମୁତାବକ ସମ୍ପନ୍ନ କରାଯାଇଥିଲା। ଏହା ପରେ ଦିନ ୪ଟା ବେଳେ ହରିବୋଲ, ହୁଳହୁଳି, ଜୟ ଜଗନ୍ନାଥ ଏବଂ ଶଙ୍ଖ ଧ୍ୱନି ତଥା ବାଦ୍ୟ, କୀର୍ତ୍ତନର ତାଳେ ତାଳେ ଚାରି ଠାକୁରଙ୍କୁ ପୂଜକ ଓ ଭକ୍ତ ମାନେ ଧାଡ଼ି ପହଣ୍ଡି କରି ମନ୍ଦିର ସାମ୍ନା ସ୍ଥିତ ବଡ଼ଦାଣ୍ଡରେ ଦଣ୍ଡାୟମାନ ଥିବା ସୁନ୍ଦର, ସୁଶୋଭିତ ରଥ ଉପରକୁ ଆଣି ଥିଲେ। ଅପରାହ୍ଣ ସାଢେ ୪ଟା ସମୟରେ ମୁଖ୍ୟ ଅତିଥି କେନ୍ଦ୍ର ଶିକ୍ଷାମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ଓ ସମ୍ମାନୀତ ଅତିଥି ସୁପ୍ରିମ କୋର୍ଟର ପୂର୍ବତନ ଜଜ ଜଷ୍ଟିସ ଅରିଜିତ ପଶାୟତ ପାରମ୍ପାରିକ ଛେରା ପହଁରା କାର୍ଯ୍ୟ ସମ୍ପନ୍ନ କରିଥିଲେ। ମନ୍ଦିର ପରିଚାଳନା କମିଟି ଶ୍ରୀ ନୀଳାଚଳ ସେବା ସଂଘର ସମ୍ପାଦକ ରବୀନ୍ଦ୍ର ନାଥ ପ୍ରଧାନ ସେମାନଙ୍କୁ ଏହି କାର୍ଯ୍ୟରେ ସହଯୋଗ କରିଥିଲେ। ଏହି ଅବସରରେ ମନ୍ତ୍ରୀ ଶ୍ରୀ ପ୍ରଧାନଙ୍କର ଧର୍ମପତ୍ନୀ ମୃଦୁଳା ପ୍ରଧାନ ଓ ମନ୍ଦିର ପରିଚାଳନା କମିଟିର ପ୍ରାକ୍ତନ ସମ୍ପାଦକ ଦୁର୍ଯ୍ୟୋଧନ ପ୍ରଧାନ ଉପସ୍ଥିତ ଥିଲେ ଓ ଏଠାରେ ସନ୍ଧ୍ୟା ୫ଟା ବେଳେ ରଥଟଣାର ଶୁଭାରମ୍ଭ ହୋଇଥିଲା। ହାଉଜଖାସ ଭିଲେଜ ସ୍ଥିତ ଶ୍ରୀ ଜଗନ୍ନାଥ ମାର୍ଗରେ ଅରବିନ୍ଦ ପ୍ଲେସ ମାର୍କେଟ ପର୍ଯ୍ୟନ୍ତ ରଥଟିକୁ ଟଣାଯାଇ ପୁଣି ମନ୍ଦିର ବେଢ଼ା ନିକଟକୁ ଫେରାଇ ଅଣାଯାଇଥିଲା। ଦିଲ୍ଲୀର ରାଜ ରାସ୍ତାରେ ରାଜକୀୟ ରଥ ଉପରେ ମହାପ୍ରଭୁଙ୍କର ବାହୁଡ଼ାଯାତ୍ରା ଏବଂ ଜନଗହଳି ମଧ୍ୟରେ ଭକ୍ତ ଓ ଭଗବାନଙ୍କର ଅପୂର୍ବ ଚକ୍ଷୁ ମିଳନର ଦୃଶ୍ୟ ବେଶ୍ ହୃଦୟସ୍ପର୍ଶୀ ଥିଲା। ମନ୍ଦିର ଅଗଣାକୁ ଫେରିବା ପରେ ରଥ ଉପରେ ବିଦ୍ୟମାନ ଜଗତର ନାଥ ଶ୍ରୀ ଜଗନ୍ନାଥ, ବଡ଼ଭାଇ ପ୍ରଭୁ ବଳଭଦ୍ର, ଦେବୀ ସୁଭଦ୍ରା ଓ ପ୍ରଭୁ ସୁଦର୍ଶନ, ଭକ୍ତ ମାନଙ୍କୁ ଦିବ୍ୟ ଦର୍ଶନ ପ୍ରଦାନ କରିଥିଲେ। ବିଳମ୍ବିତ ରାତିରେ ପୁଣି ସାହିରୋଷଣୀ କରାଯାଇ ଚତୁର୍ଦ୍ଧା ମୂର୍ତ୍ତିଙ୍କୁ ରଥ ଉପରୁ ନିଆଯାଇ ନାଟ୍ୟ ମଣ୍ଡପଠାରେ ଆସୀନ କରାଯାଇଥିଲା। ମହାପ୍ରଭୁ ନାଟ୍ୟମଣ୍ଡପ ଠାରେ ନୀଳାଦ୍ରିବିଜେ ପର୍ଯ୍ୟନ୍ତ ଅବସ୍ଥାନ କରିବେ ବୋଲି ମନ୍ଦିର ପରିଚାଳନା କମିଟି ସୂତ୍ରରୁ ପ୍ରକାଶ। ବାହୁଡ଼ା ଯାତ୍ରାକୁ ଦକ୍ଷତାର ସହିତ ଆୟୋଜନ ଓ ସଫଳତାର ସହିତ ସମାପନ କରିବାରେ ମନ୍ଦିର ପରିଚାଳନା କମିଟିର କର୍ମ କର୍ତ୍ତା ଓ ସଦସ୍ୟ ବୃନ୍ଦ ଯଥା ସଭାପତି ବିଘ୍ନେଶ୍ୱର ରାଉତ, ସମ୍ପାଦକ ରବୀନ୍ଦ୍ର ନାଥ ପ୍ରଧାନ, ଉପଦେଷ୍ଟା ଆଇନଜିବୀ ଅବନୀ ସାହୁ,ସଦସ୍ୟ ଅଭୟ ପ୍ରଧାନ, ଅଶୋକ ପ୍ରଧାନ (ଏ), କ୍ଷୀରୋଦ ପାତ୍ର, ଗଜେନ୍ଦ୍ର ସାମନ୍ତ, ଅଭିରାମ ସୁତାର, ଅଶୋକ ପ୍ରଧାନ (ବି), ଜୀତେନ୍ଦ୍ର ମହାପାତ୍ର, ଅଜୟ ପ୍ରଧାନ, ପଙ୍କଜ ମହାନ୍ତି, ନିଶିଦ୍ଧ କୁମାର ଦାଶ, ରଙ୍କନିଧି ସାହୁ, ବିଜୟ ସାହୁ, ଦିଲ୍ଲୀପ କୁମାର ସ୍ୱାଇଁ, କିଶୋର ସାମଲ, ଅମୂଲ୍ୟ ଓଝା, ସୁକାନ୍ତ ସାହୁ ଏବଂ ମନ୍ଦିରର ପରିଚାଳକ ରଶ୍ମୀ ରଞ୍ଜନ ବେହେରା ତଥା ସହ ପରିଚାଳକ ଶଶିକାନ୍ତ ସାହୁ, ସଞ୍ଜୀବ ଜେନା ଏବଂ ମନ୍ଦିରର ପୂଜକ ସନାତନ ପାଢ଼ୀ, ଦେବବ୍ରତ ମିଶ୍ର, ଜଗବନ୍ଧୁ ଦାଶ, ପ୍ରେମାନନ୍ଦ ଶତପଥୀ, ସନ୍ତୋଷ ପଣ୍ଡା ଓ ପ୍ରଶାନ୍ତ ଦାଶ ପ୍ରମୁଖଙ୍କର ଭୂମିକା ଉଲ୍ଲେଖଯୋଗ୍ୟ ଥିଲା।

# ପାରଳାରେ ଓଡ଼ିଶା ଅବସରପ୍ରାପ୍ତ ସରକାରୀ କର୍ମଚାରୀ ସଂଘ, ପାରଳାଖେମୁଣ୍ଡିର ସ୍ୱତନ୍ତ୍ର ବୈଠକ

ପାରଳାଖେମୁଣ୍ଡି,(ପି.ଏନ): ସ୍ଥାନୀୟ ଉତ୍କଳ ହିତୈଷିଣୀ ସମାଜ ସଭାଗୃହରେ ଅନୁଷ୍ଠାନର ଉପଦେଷ୍ଟା ଉପାନ୍ତପ୍ରହରୀ ପୂର୍ଣ୍ଣଚନ୍ଦ୍ର ମହାପାତ୍ରଙ୍କ ତତ୍ତ୍ୱାବଧାନରେ ଅନୁଷ୍ଠିତହୋଇସାରିଛି। ଅନୁଷ୍ଠାନର ସଭାପତି ଅଶ୍ୱିନୀ କୁମାର ପାଢ଼ୀ ଆଜିର ଆଲୋଚ଼ନାର ପ୍ରାକ୍ ସୂଚ଼ନା ଦେବାପରେ ଉପ ସଭାପତି ବିଚ଼ିତ୍ରାନନ୍ଦ ବେବର୍ତ୍ତା ସମସ୍ତ କାର୍ଯ୍ୟକ୍ରମକୁ ସଂଯୋଜନା କରିଥିଲେ। ଉର୍ମିଳା ବିନ୍ଧାଣୀ ରନ୍ ସଭା ଆରମ୍ଭରେ ବିଭୁ ବନ୍ଦନା ଗାନ କରିଥିଲେ।ସମ୍ପାଦକ ସୁରେଶ ବେହେରା ଗତ ବୈଠକର କାର୍ଯ୍ୟକାରିତା ସୂଚ଼ନା ଦେବାପରେ ଅନ୍ୟତମ ଉପ ସଭାପତି ଆଶା ପାଣଗ୍ରାହୀ ମଞ୍ଚାସିନ ଥିଲେ। ଉପେନ୍ଦ୍ର ବିଶ୍ୱାଳ, ଅଶୋକ ଦାଶ, ରାଜେନ୍ଦ୍ର ବେହେରା,କାଶୀନାଥ ପାତ୍ର ପ୍ରଭୃତି ନିଜ ନିଜର ବକ୍ତବ୍ୟ ରଖିଥିଲେ। ନବ ନିର୍ବାଚ଼ିତ ମୁଖ୍ୟମନ୍ତ୍ରୀଙ୍କୁ ମଧ ଅବସରପ୍ରାପ୍ତ ସରକାରୀ କର୍ମଚ଼ାରୀ ରାଜ୍ୟ ଓ ଜିଲ୍ଲା ସ୍ତରରେ ଅସୁବିଧା ଗୁଡ଼ିକ ଏକ ସ୍ମାରକ ପତ୍ର ମାଧମରେ ଭୁବନେଶ୍ୱରରେ ସାକ୍ଷାତ କରି ପ୍ରଦାନ କରାଯାଇଛି। ପାରଳଖେମୁଣ୍ଡି ସହରରେ ଟ୍ରାଫିକ ଅବ୍ୟବସ୍ଥା, ବୁଲା କୁକୁରର ପ୍ରାଦୁର୍ଭାବ, ଗାଇ ମାନଙ୍କ ପ୍ରତି ମାଲିକ ମାନଙ୍କ ଅବହେଳା ଯୋଗୁ ବରିଷ୍ଠ ନାଗରିକ ମାନେ ନାହିଁ ନଥିବା ହଟହଟା ହେବାକୁ ପଡୁଛନ୍ତି କହିଥିଲେ। ପ୍ରଶାସନ ପୌର ପାଳିକା ଏଥିପ୍ରତି ତୀକ୍ଷ୍ଣ ଦୃଷ୍ଟି ଦେବାପାଇଁ ଅନୁରୋଧ କରାଗଲା। କାର୍ଯ୍ୟକ୍ରମ ଶେଷରେ ସୁବାଷ ଚ଼ନ୍ଦ୍ର ବେହେରା ଧନ୍ୟବାଦ ପ୍ରଦାନ କରିଥିଲେ।


## LOST /ନିଖୋଜ

ମୁଁ ସେକ୍ ଅଖତର ଅଲ୍ଲୀ, ପିତା- ସେକ୍ କାଲା, ସା-ମୋଳାହିଦନଗର (ପାନପଟ୍ଟ), ପୋ/ଥା/ ଜି-ଭଦ୍ରକ, ଘୋଷଣା କରୁଅଛି ଯେ, ଗତ ତା ୦୬.୦୭.୨୪ ରିଖରେ ବାଇକ୍ ଯୋଗେ ଭଦ୍ରକ କଟେରା ବଜାରରୁ ମହିନ୍ଦ୍ରା ଫାଇନାନ୍ସ ଅଫିସ୍, ବାଇପାସ୍କୁ ଆସୁଥିବାବେଳେ ମୋର ବ୍ୟାଗଟି ମୋ ଅଜ୍ଞାତରେ କେଉଁଠି ଖସିପଡିଛି। ଯେଉଁ ବ୍ୟାଗରେ ଥିବା ଅର୍ଜିନାଲ କବଲା ନଂ ୩୭୮, ତା ୦୬.୦୨.୦୨ ରିଖ ଜମିର କବଲା ବିକ୍ରେତା ମୁକ୍ତିଆର ଖାଁ, ପିତା- ଅବଦୁଲ୍ ଜବାର, ସା/ପୋ-ଗରଦପୁର (ନୂଆସାହି), ଥା-ପୁରୁଣାବଜାର, ଜି-ଭଦ୍ରକ, କ୍ରେତା କାମରୁନ ବିବି, ସ୍ୱା- ମୁକ୍ତିଆର ଖାଁଙ୍କ ଫାଇନାନ୍ସ ସଂପର୍କିତ କାଗଜପତ୍ର ରହିଥିଲା। ମୁଁ ଏ ବିଷୟରେ ତା ୦୮.୦୭.୨୪ ରିଖରେ ଭଦ୍ରକ ସହରାଞ୍ଚଳ ଥାନାରେ ଏକ ରିପୋର୍ଟ କରିଅଛି।

ସ୍ୱାକ୍ଷର/-
ସେକ୍ ଅଖତର ଅଲ୍ଲୀ


# କେନ୍ଦ୍ରାପଡା ସ୍ୱୟଂ ଶାସିତ ମହାବିଦ୍ୟାଳୟର ସ୍ନାତ୍ତୋକୋତ୍ତର ଛାତ୍ରଛାତ୍ରୀ ଭେଟିଲେ ଜିଲ୍ଲାପାଳଙ୍କୁ

କେନ୍ଦ୍ରାପଡ଼ା,(ପି.ଏନ): କେନ୍ଦ୍ରାପଡା ସ୍ୱୟଂ ଶାସିତ ମହାବିଦ୍ୟାଳୟରେ ବିଭିନ୍ନ ବିଷୟରେ ସ୍ନାତ୍ତୋକୋତ୍ତର(ପିଜି) ଶିକ୍ଷା ପାଇଁ କ୍ଲାସ ଖୋଲିଥିଲେ ମଧ ପାଠ୍ୟକ୍ରମ ଚୟନ, ଶିକ୍ଷାଦାନ ଓ ପରିଚାଳନାରେ ଗୁରୁତ୍ତର ବାଧା ସୃଷ୍ଟି ହୋଇଥିବା ଆଜି ଜିଲ୍ଲାପାଳଙ୍କ ନିକଟରେ ଅଭିଯୋଗ ହୋଇଛି। ଏହିସବୁ ସମସ୍ୟା ଗୁଡିକୁ ନେଇ ମହାବିଦ୍ୟାଳୟରେ ଛାତ୍ର ଅଶାନ୍ତି ସୃଷ୍ଟି ହୋଇଛି। ଏନେଇ ଆଜି କେନ୍ଦ୍ରାପଡା ସ୍ୱୟଂ ଶାସିତ ମହାବିଦ୍ୟାଳୟର ସ୍ନାତ୍ତୋକୋତ୍ତର (ପିଜି) ଛାତ୍ରଛାତ୍ରୀମାନେ ଜିଲ୍ଲାପାଳଙ୍କୁ ଭେଟି ଅଭିଯୋଗ କରିବା ସହିତ ଏସବୁ ସମସ୍ୟାର ତୁରନ୍ତ ସମାଧାନ କରାଯିବାକୁ ଦାବି କରିଛନ୍ତି। ଗତ ୨୦୧୭ମସିହାରୁ କେନ୍ଦ୍ରାପଡା ମହାବିଦ୍ୟାଳୟରେ ସମାଜଶାସ୍ତ୍ରରେ ସ୍ନାତ୍ତୋକୋତ୍ତର(ପିଜି) ଶ୍ରେଣୀ ଖୋଲିଥିବା ବେଳେ ୨୦୨୨ମସିହାରେ ଅନ୍ୟ ୧୪ଟି ବିଷୟରେ ସ୍ନାତ୍ତୋକୋତ୍ତର(ପିଜି) ଶ୍ରେଣୀ ଖୋଲିଛି। ତେବେ ମହାବିଦ୍ୟାଳୟର ବିଭିନ୍ନ ସ୍ନାତ୍ତୋକୋତ୍ତର ଶ୍ରେଣୀ ଗୁଡିକରେ ତିନିଶହରୁ ଉର୍ଦ୍ଧ୍ୱ ଛାତ୍ରଛାତ୍ରୀ ଅଧ୍ୟୟନ କରୁଥିବା ବେଳେ ମହାବିଦ୍ୟାଳୟର ପରିଚାଳନାଗତ ତୃଟି, ଶିକ୍ଷାଦାନରେ ତୃଟି ଓ ଅନ୍ୟାନ୍ୟ କାରଣ ନିମନ୍ତେ ସେମାନଙ୍କ ଭବିଷ୍ୟତ ଅନ୍ଧାର ହୋଇପଡିଥିବା ଛାତ୍ରଛାତ୍ରୀମାନେ ଅଭିଯୋଗ କରିଛନ୍ତି। ଏହି ସ୍ନାତ୍ତୋକୋତ୍ତର(ପିଜି) ଶ୍ରେଣୀରେ ଅଧ୍ୟୟନ ନିମନ୍ତେ ପ୍ରତ୍ୟେକ ଛାତ୍ର ୫୦ହଜାର ଟଙ୍କା ଫିସ କଲେଜକୁ ଦେଉଥିବା ବେଳେ ପ୍ରାୟ ୩ବର୍ଷ ହେବ ସଠିକ ଭାବରେ ପାଠପଢା ନହେବା, ଆଡମିଟ୍‌କାର୍ଡ ଠିକ ସମୟରେ ନମିଳିବା ଓ ପ୍ରମାଣପତ୍ର ଭବିଷ୍ୟତରେ ନମିଳିବାର ଆଶଙ୍କା ସୃଷ୍ଟି ହୋଇଥିବାରୁ ଛାତ୍ରଛାତ୍ରୀମାନେ ସେମାନଙ୍କ ଭବିଷ୍ୟତକୁ ନେଇ ସନ୍ଦିହାନ ହୋଇପଡିଛନ୍ତି। ୧୪ଟି ବିଭାଗରେ ସ୍ନାତ୍ତୋକୋତ୍ତର(ପିଜି) ଶିକ୍ଷାଦାନ ପାଇଁ ମହାବିଦ୍ୟାଳୟକୁ ସଂପୂର୍ଣ୍ଣ ଅନୁମୋଦନ ମିଳିନଥିବା ବେଳେ ନିୟମିତ କ୍ଲାସ ନହେବା ଓ ପିଜି ଛାତ୍ରଛାତ୍ରୀଙ୍କ ଦ୍ୱାରା +୩ ଶ୍ରେଣୀର ଖାତା ଦେଖାଯିବା ଘଟଣାକୁ ନେଇ ଛାତ୍ର ଅଶାନ୍ତି ସୃଷ୍ଟି ହୋଇଛି। ବିରୂପା ମହାବିଦ୍ୟାଳୟର ଅଧ୍ୟକ୍ଷଙ୍କୁ କେନ୍ଦ୍ରାପଡା ସ୍ୱୟଂ ଶାସିତ ମହାବିଦ୍ୟାଳୟ ଭଳି ଏକ ବୃହତ ମହାବିଦ୍ୟାଳୟର ଅତିରିକ୍ତ ଅଧ୍ୟକ୍ଷ ଦାୟିତ୍ୱ ଦିଆଯାଇଥିବାରୁ ସେ କେନ୍ଦ୍ରାପଡା ମହାବିଦ୍ୟାଳୟର ବିଭିନ୍ନ ସମସ୍ୟା ସମେତ ଛାତ୍ରଛାତ୍ରୀମାନଙ୍କ ସମସ୍ୟା ବୁଝିବାକୁ ସମୟ ଦେଉନଥିବା ଜିଲ୍ଲାପାଳଙ୍କ ନିକଟରେ ଈଶ୍ୱର ଦାସ, ବିକାଶ ମହାରଣା, ପ୍ରଜ୍ଞାପରମିତା ବଳ, ଶୁଭଶ୍ରୀ ଦାସ, ସୌଭାଗ୍ୟ ଦାସ ଓ ଦେଶଦିପ ଦାସ ପ୍ରମୁଖ ଛାତ୍ରଛାତ୍ରୀମାନେ ଅଭିଯୋଗ କରିଛନ୍ତି। ଜିଲ୍ଲାପାଳ ସୂର୍ଯ୍ୟବଂଶୀ ମୟୁର ବିକାଶ ଏସବୁ ସମସ୍ୟାର ତୁରନ୍ତ ସମାଧାନ କରାଯିବ ବୋଲି ସେମାନଙ୍କୁ ପ୍ରତିଶୃତି ଦେଇଥିବା ଜଣାପଡିଛି। ମହାବିଦ୍ୟାଳୟର ଭାରପ୍ରାପ୍ତ ଅଧ୍ୟକ୍ଷ ଅଭିଜିତ ବୋଷଙ୍କୁ ଏସମ୍ପର୍କରେ ପଚରାଯିବାରେ ସେ କହିଥିଲେ ଯେ ସମସ୍ୟାର ସମାଧାନ ପାଇଁ ଆବଶ୍ୟକ ପଦକ୍ଷେପ ନିଆଯାଉଛି।

# କିମ୍ସରେ ମାଗଣା ଗ୍ରହଣଖଣ୍ଡିଆ ଅସ୍ତ୍ରୋପଚାର ଅଗଷ୍ଟରୁ




ଭୁବନେଶ୍ୱର,(ପି.ଏନ): କଳିଙ୍ଗ ଇନ୍‌ଷ୍ଟିଚ୍ୟୁଟ୍ ଅଫ୍ ମେଡ଼ିକାଲ୍ ସାଇନ୍‌ସେସ୍(କିମ୍ସ)ରେ ଆସନ୍ତା ଅଗଷ୍ଟ ମାସରୁ ମାଗଣା ଗ୍ରହଣଖଣ୍ଡିଆ ଅସ୍ତ୍ରୋପଚାର କରାଯିବ। ସ୍ମାଇଲ୍ ଫାଉଣ୍ଡେସନ୍ ସହଯୋଗରେ କିମ୍ସରେ ଏହି ସେବା ଯୋଗାଇ ଦିଆଯିବାକୁ ଥିବା ବେଳେ ସମାଜର ସବୁବର୍ଗ ଏହାର ସୁବିଧା ନେଇପାରିବେ। କିମ୍ସରେ ବିଶ୍ୱ ପ୍ଲାଷ୍ଟିକ ସର୍ଜରୀ ଦିବସ ପାଳନ ଅବସରରେ ସୋମବାର କିମ୍ସ ମେଡ଼ିକାଲ କଲେଜ ଅଧକ୍ଷ ପ୍ରଫେସର ଅମ୍ବିକା ପ୍ରସାଦ ମହାନ୍ତି, କିମ୍ସ ମେଡ଼ିକାଲ୍ ଅଧୀକ୍ଷକ ପ୍ରଫେସର ଆର.ସି.ଦାସ, କିମ୍ସ୍ ପରାମର୍ଶଦାତା ଡ଼ା.ଆର.ଏନ୍ ସାମନ୍ତ ଏବଂ ଡ଼ା.ପି.କେ ପଟ୍ଟନାୟକଙ୍କ ଉପସ୍ଥିତିରେ କିମ୍ସ ପକ୍ଷରୁ ଏହି ଘୋଷଣା କରାଯାଇଛି। କିମ୍ସ ପ୍ଲାଷ୍ଟିକ ଏବଂ ରିକନ୍‌ଷ୍ଟ୍ରକ୍‌ଟିଭ୍ ସର୍ଜରୀ ବିଭାଗର ବରିଷ୍ଠ ପରାମର୍ଶଦାତା ଡ଼ା.ସୁନୀଲ କୁମାର ରାଉତ ସୂଚନା ପ୍ରଦାନ କରି କହିଥିଲେ ଏନେଇ ଗତବର୍ଷ କିମ୍ସ ଓ ସ୍ମାଇଲ୍ ଫାଉଣ୍ଡେସନ୍ ମଧ୍ୟରେ ଏକ ବୁଝାମଣା ସ୍ୱାକ୍ଷର ହୋଇଥିଲା। ସମସ୍ତଙ୍କ ପାଇଁ ଏହି ସେବା ଉପଲବ୍ଧ କରାଇବା ଉପରେ ଗୁରୁତ୍ୱାରୋପ କରି ପ୍ଲାଷ୍ଟିକ୍ ସର୍ଜରୀ ବିଭାଗର ସହକାରୀ ପ୍ରଫେସର ଡ଼ା. ସମୀର କୁମାର ପଟେଲ୍ କହିଲେ, ସମଗ୍ର ବିଶ୍ୱରେ ହାରାହାରି ୭ଶହ ଲୋକଙ୍କ ମଧ୍ୟରୁ ଜଣେ ଜନ୍ମରୁ ଗ୍ରହଣଖଣ୍ଡିଆ। ଏହାର ମାଗଣା ଚିକିତ୍ସାର ଉପକାରିତା ଉପରେ ଆଲୋକପାତ କରି ବିଭାଗୀୟ ପରାମର୍ଶଦାତା ଡ଼ା. ବଂଶୀଧର ମୂଳିଆ କହିଥିଲେ ଏହା ପ୍ରଭାବିତ ଲୋକଙ୍କ ଜୀବନ ମାନରେ ଉଲ୍ଲେଖନୀୟ ସୁଧାର ଆଣିପାରିବ। ଆସନ୍ତା ବର୍ଷ ବିଶ୍ୱ ପ୍ଲାଷ୍ଟିକ ସର୍ଜରୀ ଦିବସରୁ କିମ୍ସରେ ନୂତନ ବର୍ନ ୟୁନିଟ୍ କାର୍ଯ୍ୟ କରିବ ବୋଲି ଏହି ଅବସରରେ ଡ଼ା. ପଟ୍ଟନାୟକ ଘୋଷଣା କରିଥିଲେ। ସ୍ମାଇଲ୍ ସହଯୋଗରେ କିମ୍ସର ଏହି ପ୍ରୟାସ ଅନେକ ପରିବାରରେ ଖୁସି ଆଣିଦେବ ବୋଲି ହସ୍‌ପିଟାଲ୍ ପକ୍ଷରୁ ଆଶା ପୋଷଣ କରାଯିବା ସହ ସମସ୍ତଙ୍କୁ ସ୍ୱାସ୍ଥ୍ୟସେବା ଉପଲବ୍ଧ କରାଇବା ପ୍ରତିବଦ୍ଧତାର ଏକ ଅଂଶବିଶେଷ ବୋଲି ହସ୍ପିଟାଲ୍ ପକ୍ଷରୁ କୁହାଯାଇଛି।


ADMISSION OPEN
MAHARISHI PLAY SCHOOL
A Great Place to Grow @ mps
PLAY GROUP (2+)
NURSERY (3+)
LKG, UKG, STD-I TO V
25% reservation as per RTE Act (2009)
FIND THE DIFFERENCE
●Surveillance through CCTV Camera ●Small Classes ●Congenial Environment ●Intimate, Safe & Secured Place ●Experienced & loving teachers ●Individual attention to each child ●Spacious Playground ●AC Activity Room ●Transport Facilities



TUITION CLASSES
for Std I to Std V
Timing: 5 PM to 6.30 PM

MAHARISHI PUBLIC SCHOOL
N4-F/24, IRC Village, Nayapalli,
Bhubaneswar, Phone: 0674-2558884,2550786
E-mail: maharishipublic13@gmail.com
25% Seats reserved in Std. 1 under RTE Act


Printed & Published by Budhadev Mohapatra on behalf of Hiranmayee Media Pvt. Ltd. & Printed at Mayur Offset Printers, Plot No. D-1/1, Mancheswar Industrial Estate, Bhubaneswar-751<0 & Published at N-4, F/24, IRC Village, Nayapalli, Bhubaneswar, Dist-Khordha, Pin-751<5, Phone : (0674© 2550751/2555116, Fax No. : 2550504, E-mail :editorpbkc@gmail.com, paryabekhyak@gmail.com
ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ
EDITOR : Dr. Pabitra Mohan Samantaray